୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍यवेक्षक

Vol.26 . No.271 Bhubaneswar Thursday December 12 2024 | ୨୬ତମ ବର୍ଷ | ସଂଖ୍ୟା-୨୭୧ ଭୁବନେଶ୍ୱର, ଗୁରୁବାର, ଡିସେମ୍ବର ୧୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## ଅଦାନୀଙ୍କ ପୁଅଙ୍କ ପ୍ରି-ୱେଡିଂ ଉତ୍ସବରେ ପାଣ୍ଡିଆନ, ବିଜେଡିରେ ଅସନ୍ତୋଷ



ଭୁବନେଶ୍ୱର,୧୧।୧୨(ପି.ଏନ): ସକ୍ରିୟ ରାଜନୀତିରୁ ଆତ୍ମଘୋଷିତ ସନ୍ୟାସୀ ତଥା ବିଜେଡିର ଅଘୋଷିତ ସର୍ବେସର୍ବା ଭିକେ ପାଣ୍ଡିଆନ ପୁଣି ଥରେ ଚର୍ଚ୍ଚାରେ । ଶିଳ୍ପପତି ଗୌତମ ଅଦାନୀଙ୍କ ସାନପୁଅ ଜିତ୍ ଅଦାନୀଙ୍କ ରାଜସ୍ଥାନର ଉଦୟପୁରରେ ଆୟୋଜିତ ପ୍ରି-ୱେଡିଂ ଉତ୍ସବରେ ଗତକାଲି (ମଙ୍ଗଳବାର) ପାଣ୍ଡିଆନ ଯୋଗ ଦେଇଥିବା ଜଣାପଡିଛି । କେବଳ ଭୋଜିରେ ସାମିଲ ହୋଇନାହାନ୍ତି ବରଂ ଗୌତମ ଅଦାନୀଙ୍କ ବ୍ୟକ୍ତିଗତ ଅଫିସିଆଲଙ୍କ ସହ ପାଣ୍ଡିଆନ କୌଣସି ପ୍ରସଙ୍ଗରେ ଆଲୋଚନା କରିଥିବା ନିର୍ଭରଯୋଗ୍ୟ ସୂତ୍ରରୁ ସୂଚନା ମିଳିଛି । ସୂଚନା ଅନୁସାରେ, ଦେଶର ବିଶିଷ୍ଟ ଶିଳ୍ପପତି ଗୌତମ ଅଦାନୀଙ୍କ ସାନପୁଅ ଜିତ୍ ଅଦାନୀଙ୍କ ଉଦୟପୁରରେ ଦୁଇଦିନ ଧରି ଆୟୋଜିତ ଭବ୍ୟ 'ବିବାହପୂର୍ବ ଉତ୍ସବ'ରେ ବିଜେଡିର ଅଘୋଷିତ ସର୍ବେସର୍ବା ଭିକେ ପାଣ୍ଡିଆନ ସାମିଲ ହୋଇଛନ୍ତି । ଜିତଙ୍କ ୨ଦିନ ଧରି ପ୍ରିୱେଡିଂ ଉତ୍ସବ ପାଇଁ ଅଦାନୀ ପରିବାର ପକ୍ଷରୁ ଉଦୟପୁରର ୩ଟି ବିଳାସପୂର୍ଣ୍ଣ ତାରକା ହୋଟେଲ ବୁକ୍ ହୋଇଥିଲା । ତେବେ ଉତ୍ସବର ଆରମ୍ଭ 'ଲିଲା ପ୍ୟାଲେସ' ହୋଟେଲରେ ଆୟୋଜିତ 'ଭବ୍ୟ ମଧ୍ୟାହ୍ନଭୋଜନ' କାର୍ଯ୍ୟକ୍ରମରୁ ହୋଇଛି । ଯେଉଁଠି ଦେଶବିଦେଶର ବିଭିନ୍ନ କ୍ଷେତ୍ରର ପ୍ରାୟ ୩୦୦ଜଣ ଭିଭିଆଇପି ଯୋଗ ଦେଇଥିଲେ । ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ପ୍ରତିନିଧି ଭାବେ ପାଣ୍ଡିଆନ ଏହି ଉତ୍ସବରେ ସାମିଲ ହୋଇଥିବା ସୂଚନା ମିଳିଛି । ପାଣ୍ଡିଆନ ଏହି ଉତ୍ସବରେ ଯୋଗ ଦେବା ସହ ଅଦାନୀ ଗ୍ରୁପର ବରିଷ୍ଠ ଅଫିସିଆଲ ଏବଂ ଅନ୍ୟ ରାଜନୀତିକ ଦଳର କିଛି ବରିଷ୍ଠ ନେତାଙ୍କ ସହ ମଧ୍ୟ ଅଣଆନୁଷ୍ଠାନିକ ଆଲୋଚନା କରିଥିବା ଜଣାପଡିଛି ।

## ଦିଲ୍ଲୀରେ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଆରମ୍ଭ



ଭୁବନେଶ୍ୱର,୧୧।୧୨(ପି.ଏନ): ଦିଲ୍ଲୀରେ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କ ବିରୋଧରେ ପୁଲିସର କାର୍ଯ୍ୟାନୁଷ୍ଠାନ ଆରମ୍ଭ ହୋଇଛି । ଉପରାଜ୍ୟପାଳ ବିନୟ କୁମାର ସକ୍‌ସେନାଙ୍କ ନିର୍ଦ୍ଦେଶ ପରେ ଦିଲ୍ଲୀ ପୁଲିସ କାର୍ଯ୍ୟାନୁଷ୍ଠାନ ଆରମ୍ଭ କରିଛି । ବେଆଇନ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ଚିହ୍ନଟ କରି କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସବୁ ଜିଲ୍ଲାର ପୁଲିସକୁ ନିର୍ଦ୍ଦେଶ ମିଳିଛି । ଏହା ସହିତ କ୍ରାଇମ ବ୍ରାଞ୍ଚକୁ ମଧ୍ୟ କାର୍ଯ୍ୟାନୁଷ୍ଠାନ ପାଇଁ କୁହାଯାଇଛି । ସୂଚନା ଅନୁସାରେ, ଏହି ଲୋକମାନେ ବାଂଲାଦେଶ ସୀମା ଡେଇଁ ଭାରତକୁ ଅନୁପ୍ରବେଶ କରିବା ମାତ୍ରେ ନକଲି ଭାରତୀୟ ପରିଚୟ ପତ୍ର ତିଆରି କରିଦିଅନ୍ତି । ଦିଲ୍ଲୀରେ ରହୁଥିବା ସମସ୍ତ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କ ପରିଚୟ ପତ୍ର ଚିହ୍ନଟ କରିବା ପୁଲିସ ପାଇଁ ଏକ ବଡ଼ ଚ୍ୟାଲେଞ୍ଜ । ଏଭଳି ପରିସ୍ଥିତିରେ ନକଲି ପରିଚୟ ପତ୍ର ତିଆରି କରୁଥିବା ଦଲାଲଙ୍କ ବିରୋଧରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ।

### ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ' ୧୧ ତାରିଖ ସଂସ୍କରଣ ପ୍ରକାଶିତ ହୋଇନଥିବାରୁ ଆମେ ଦୁଃଖିତ ।

-ପ୍ରକାଶକ

## ନିଆଁ ଗ୍ରାସରେ ୧୪ ଭୋଗ ଦୋକାନ, ଲକ୍ଷାଧିକ ଟଙ୍କାର ସାମଗ୍ରୀ ନଷ୍ଟ



ଭୁବନେଶ୍ୱର,୧୧।୧୨(ପି.ଏନ): କେନ୍ଦୁଝରର ପ୍ରଖ୍ୟାତ ଠାକୁରାଣୀ ମା ତାରିଣୀଙ୍କ ମନ୍ଦିର ନିକଟରେ ଭୟଙ୍କର ଅଗ୍ନିକାଣ୍ଡ ଘଟି ପ୍ରାୟ ୧୪ଟି ଭୋଗ ସାମଗ୍ରୀ ଦୋକାନ ସମ୍ପୂର୍ଣ୍ଣ ପୋଡି ଛାରଖାର ହୋଇଯାଇଛି । ଏହି ଅଗ୍ନିକାଣ୍ଡରେ ଲକ୍ଷ ଲକ୍ଷ ଟଙ୍କାର ଭୋଗ, ଫଟୋ, ଅନ୍ୟାନ୍ୟ ପୂଜା ସମଗ୍ରୀ ସମ୍ପୂର୍ଣ୍ଣ ଜଳିପୋଡି ପାଉଁଶ ହୋଇଯାଇଛି । ଖବର ପାଇଁ ଅଗ୍ନିଶମବାହିନୀ ଓ ସ୍ଥାନୀୟ ଲୋକ ନିଆଁକୁ ଆୟତ୍ତ କରିଥିବା ଦେଖିବାକୁ ମିଳିଛି । ସୂଚନା ମୁତାବକ, ଗତକାଲି ବିଳମ୍ବିତ ରାତିରେ ଲୋକେ ନିଜ ନିଜ ଘରକୁ ଦୋକାନ ବାଡି ବନ୍ଦ କରି ଯିବା ପରେ ହଠାତ୍ ନିଆଁ ଲାଗିଯାଇଥିଲା । କୌଣସି କାରଣରୁ ଗୋଟିଏ ଦୋକାନରେ ନିଆଁ ଲାଗିବା ପରେ ନିଆଁ ବ୍ୟାପିଯାଇଥିଲା । ନିଆଁ ଅତି ପ୍ରଖର ଥିଲା । ସମଗ୍ର ଅଞ୍ଚଳରେ ନିଆଁରେ ହୁତୁହୁତୁ ହୋଇ ଜଳିବାରେ ଲାଗିଥିଲା । ଲୋକେ ଏହା ଦେଖି ନିଆଁକୁ ଆୟତ୍ତ କରିବାକୁ ଚେଷ୍ଟା କରିବା ସହ ଅଗ୍ନିଶମ ବାହିନୀକୁ ଖବର ଦେଇଥିଲେ । କିଛି ସମୟରେ ଅଗ୍ନିଶମ ବାହିନୀ ଆସି ନିଆଁକୁ ଆୟତ୍ତ କରିଥିଲା । ହେଲେ ନିଆଁ ଆୟତ୍ତ ହେଲା ବେଳକୁ ନିଆଁରେ ରାସ୍ତାର ଗୋଟିଏ ପଟରେ ଥିବା ପ୍ରାୟ ୧୪ ଦୋକାନ ସମ୍ପୂର୍ଣ୍ଣ ପାଉଁଶ ହୋଇଯାଇଥିଲା । ବିଳମ୍ବିତ ରାତିରେ ଅଗ୍ନିକାଣ୍ଡ ଘଟିବାରୁ ଦୋକାନୀମାନେ କିଛି ସାମଗ୍ରୀ ଦୋକାନରୁ ଉଦ୍ଧାର କରିପାରି ନ ଥିଲେ । ଏବେ ଏହି ବିପନ୍ନ ପରିବାର କେମିତି ସେମାନଙ୍କ ପରିବାର ପ୍ରତି ପୋଷଣ କରିବେ ତାକୁନେଇ ଚିନ୍ତାରେ । ପୋଲିସ ଘଟଣାରେ ତଦନ୍ତ ଆରମ୍ଭ କରିଛି । କେମିତି ଓ କେଉଁ ପରିସ୍ଥିତିରେ ନିଆଁ ଲାଗିଲା ତାର ତଦନ୍ତ କରୁଛି । ନିଆଁ ସର୍ଟ ସର୍କିଟ ନା ଆପଣା ଛାଏଁ ଲାଗିଛି ନା କେହି ଜାଣିଶୁଣି ଲଗାଇଛି ତାର ତଦନ୍ତ ଆରମ୍ଭ କରିଛି ।

### ଓଲଟିଲା ଅବକାରୀ ବିଭାଗ ଗାଡ଼ି, ୩ ଆହତ

ଭୁବନେଶ୍ୱର,୧୧।୧୨(ପି.ଏନ): ଖଇରା ଅଞ୍ଚଳରେ ଓଲଟିଲା ଅବକାରୀ ବିଭାଗ ଗାଡି । ଖଇରା ଥାନା ପିତାପାଣିଆ ନିକଟରେ ଗାଡି ଦୁର୍ଘଟଣାଗ୍ରସ୍ତ ହୋଇଥିଲା । ଭାରସାମ୍ୟ ହରାଇ ନୟନ ଝୋଡି ନିକଟରେ ଗାଡିଟି ରାସ୍ତା କଡକୁ ଓଲଟିପଡିଥିଲା ।

## ଶପଥ ଗ୍ରହଣ ପରେ ବିଭାଗ ବଣ୍ଟନରେ ସସପେନ୍ସ; ଅଡୁଆରେ ବିଜେପି



ଭୁବନେଶ୍ୱର,୧୧।୧୨(ପି.ଏନ): ପ୍ରାୟ ଦୁଇ ସପ୍ତାହ ଧରି ବିଭିନ୍ନ କଳ୍ପନାଜଳ୍ପନା ଓ ଟଣାଓଟରା ପରେ ଗତ ସପ୍ତାହରେ ମହାରାଷ୍ଟ୍ରର ଉପମୁଖ୍ୟମନ୍ତ୍ରୀ ଭାବରେ ଏକନାଥ ସିନ୍ଦେ ଶପଥ ଗ୍ରହଣ କରିଥିଲେ । ଏହାପରେ କୁହାଯାଉଥିଲା ଯେ ବିଜେପି ନେତୃତ୍ୱାଧୀନ ମହାଯୁତି ମେଣ୍ଟରେ ସବୁକିଛି ଠିକ ହୋଇଗଲା । ହେଲେ ଗଣମାଧ୍ୟମ ରିପୋର୍ଟ ଅନୁସାରେ ସହଯୋଗୀ ଦଳ ଗୁଡ଼ିକ ଏବେ ବି ମହାରାଷ୍ଟ୍ରରେ ଏନଡିଏ ସରକାର ପାଇଁ ମୁଣ୍ଡବିନ୍ଧାର କାରଣ ପାଲଟିଛନ୍ତି । ଯେଉଁଥିପାଇଁ ମନ୍ତ୍ରୀମଣ୍ଡଳ ବିଭାଗ ବଣ୍ଟନ ପାଇଁ ସହଯୋଗୀଙ୍କ ବିନା ଗୃହମନ୍ତ୍ରୀ ଅମିତ ଶାହଙ୍କୁ ଭେଟି ପାରନ୍ତି ଦେବେନ୍ଦ୍ର ଫଡନାବିସ ।

## ଖୁବଶୀଘ୍ର ଏଟିଏମରୁ ଉଠିପାରିବ ପିଏଫ୍ ଟଙ୍କା !




ଭୁବନେଶ୍ୱର,୧୧।୧୨(ପି.ଏନ): ପିଏଫ୍ ଖାତାଧାରୀଙ୍କ ପାଇଁ ଆସିଛି ବଡ଼ ଖବର । ଗଣମାଧ୍ୟମରେ ପ୍ରକାଶିତ ଖବର ଅନୁଯାୟୀ ଆସନ୍ତା ବର୍ଷ ଆରମ୍ଭରୁ ସିଧାସଳଖ ଏଟିଏମରୁ ନିଜ ପିଏଫ୍ ଟଙ୍କା ଉଠାଇ ପାରିବେ ଇପିଏଫ୍‌ଓ ଗ୍ରାହକ । ଶ୍ରମ ମନ୍ତ୍ରଣାଳୟ ଦେଶର କର୍ମଚାରୀଙ୍କୁ ଉନ୍ନତ ସେବା ପ୍ରଦାନ କରିବା ପାଇଁ ଏହାର ଆଇଟି ବ୍ୟବସ୍ଥାରେ ଉନ୍ନତିକରଣ କରୁଛି । ଏନେଇ ଶ୍ରମ ସଚିବ ସୁମିତା ଦାୱରା ବୁଧବାର ଗଣମାଧ୍ୟମରେ ପ୍ରତିକ୍ରିୟା ରଖିଛନ୍ତି । ଶ୍ରମ ସଚିବ କହିଛନ୍ତି ଯେ, ଆମେ ସଦସ୍ୟମାନଙ୍କ ଦ୍ୱାରା ଦାଖଲ କରାଯାଇଥିବା ଦାବି ଗୁଡ଼ିକୁ ଶୀଘ୍ର ସମାଧାନ କରୁଛୁ । କର୍ମଚାରୀମାନଙ୍କ ସହଜ ଜୀବନଧାରଣରେ ଉନ୍ନତି ଆଣିବା ପାଇଁ ପ୍ରକ୍ରିୟାକୁ ସରଳ କରୁଛୁ । ଖୁବଶୀଘ୍ର ଜଣେ ଦାବିଦାର, ହିତାଧିକାରୀ କିମ୍ବା ବୀମାଭୁକ୍ତ ବ୍ୟକ୍ତି ସିଧାସଳଖ ଏଟିଏମ୍ ମାଧ୍ୟମରେ ସେମାନଙ୍କ କ୍ଲେମ ରାଶି ସହଜରେ ପାଇପାରିବେ । ଏହାଦ୍ୱାରା ମାନବ ହସ୍ତକ୍ଷେପ କମ ହେବା ସହିତ ପ୍ରକ୍ରିୟା ମଧ୍ୟ ସହଜ ହେବ ।

## ଦୁଇ ପୃଥକ ସ୍ଥାନରେ ହତ୍ୟାକାଣ୍ଡ ଅଭିଯୋଗ, ପୋଲିସର ତନାଘନା

ଭୁବନେଶ୍ୱର,୧୧।୧୨(ପି.ଏନ): ବୁଧବାର ସକାଳୁ ସକାଳୁ ରାଜଧାନୀ ଭୁବନେଶ୍ୱରର ଏୟାରଫିଲ୍ଡ ଥାନା ଅଞ୍ଚଳରେ ଚାଞ୍ଚଲ୍ୟ । ସକାଳୁ ସକାଳୁ ଥାନା ଅଧୀନ ବୀରବନ୍ଧ ଗାଁ ଦାଣ୍ଡରେ ଏକ ଶବ ପଡିଥିବା ଦେଖିବା ପରେ ଚାଞ୍ଚଲ୍ୟ ଖେଳିଯାଇଛି । ଘଟଣାସ୍ଥଳରେ ଲୋକଙ୍କ ଭିଡ ହୋଇଥିଲା । ତେବେ ଖବର ପାଇ ପୋଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଉଦ୍ଧାର କରିବା ସହ ବ୍ୟବଚ୍ଛେଦ ପାଇଁ ପଠାଇଦେଇଛି । ମୃତଦେହ ସେହି ଅଞ୍ଚଳର ବାଉରୀବନ୍ଧୁ ବେହେରାଙ୍କର ହୋଇଥିବା ଜଣାପଡିଛି । ସୂଚନା ମୁତାବକ, ବୁଧବାର ସକାଳୁ ଗାଁ ଦାଣ୍ଡରେ ଏକ ମୃତଦେହ ପଡିଥିବା ଜଣେ ବ୍ୟକ୍ତି ଦେଖିବା ପରେ ଖବର ସାରା ଅଞ୍ଚଳରେ ନିଆଁ ଭଳି ବ୍ୟାପୀଯାଇଥିଲା । ଲୋକେ ମୃତଦେହଟି ବୃଦ୍ଧ ବାଉରୀବନ୍ଧୁଙ୍କର ଥିବା ଚିହ୍ନଟ କରିଥିଲେ । ଏହା ପରେ ପରିବାର ପକ୍ଷରୁ ହତ୍ୟା ଅଭିଯୋଗ କରାଯାଉଛି । କେହି ବ୍ୟକ୍ତି ତାଙ୍କୁ ମାରିଦେଇଥିବା ସନ୍ଦେହ କରାଯାଉଛି । ଏହି ହତ୍ୟାକାଣ୍ଡ ଗତ କାଲି ରାତିରେ ହୋଇଥିବା ସନ୍ଦେହ ପ୍ରକଟ କରୁଛନ୍ତି ଗ୍ରାମବାସୀ । ପୋଲିସ ଘଟଣାର ଖୋଳତାଡ ଆରମ୍ଭ କରିଦେଇଛି । ସେହିପରି ବାରଙ୍ଗ ଥାନା ଅଧୀନରେ ବିଲ୍ଡର ସଂସ୍ଥାରେ କାମ କରୁଥିବା ଜଣେ ଶ୍ରମିକଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ । କଟକର ଏକ ବିଲ୍ଡର ସଂସ୍ଥାରେ ସେହି ଶ୍ରମିକ କାମକରୁଥିବା ବେଳେ ତାଙ୍କ ଘର କେନ୍ଦ୍ରାପଡାରେ । ତେବେ ଗତକାଲି ବିଳମ୍ବିତ ରାତିରେ କିଛି ଦୁର୍ବୃତ୍ତ ତାଙ୍କୁ ବାରଙ୍ଗ ଅଞ୍ଚଳରେ ପିଟି ପିଟି ମାରିଦେଇଥିବା ଅଭିଯୋଗ କରୁଛନ୍ତି ଶ୍ରମିକଙ୍କ ପରିବାର ଲୋକ । ଉଭୟ ଘଟଣାରେ ପୋଲିସ ମୃତଦେହ ଉଦ୍ଧାର କରି ତଦନ୍ତ ଆରମ୍ଭ କରିଛି । ତେବେ ଏୟାରଫିଲ୍ଡ ଅଞ୍ଚଳର ବୃଦ୍ଧଙ୍କ ଶରୀରରେ କୌଣସି କ୍ଷତ ଚିହ୍ନ ନଥିବାରୁ ହୁଏତ ବୟସାଧିକ୍ୟ କାରଣରେ ଅସୁସ୍ଥତା କାରଣରୁ ରାସ୍ତାରେ ପଡି ତାଙ୍କ ମୃତ୍ୟୁ ହୋଇଥିବା ଦିଗ ଉପରେ ପୋଲିସ ସନ୍ଦେହ କରୁଛି । ଉଭୟ ମାମଲାରେ ପୋଲିସର ତଦନ୍ତ ସରିବା ପରେ ମୃତ୍ୟୁର କାରଣ ଜଣାପଡିବ ବୋଲି କୁହାଯାଉଛି ।

## ଡିସେମ୍ବର ୩୧ରେ ମିଳିବ ମାଧୋ ସିଂ ହାତ ଖର୍ଚ୍ଚ, ଉପକୃତ ହେବେ ଏସସି-ଏସଟି ଛାତ୍ରଛାତ୍ରୀ

ଭୁବନେଶ୍ୱର,୧୧।୧୨(ପି.ଏନ): ଆସିଛି ଏକ ବଡ ଖବର । ଆସନ୍ତା ୩୧ ତାରିଖରେ ମାଧୋ ସିଂ ହାତଖର୍ଚ୍ଚ ପ୍ରଦାନ କରାଯିବ । ରାଜ୍ୟର ଅନୁସୂଚିତ ଜାତି (ଏସସି) ଓ ଅନୁସୂଚିତ ଜନଜାତି (ଏସଟି) ଛତ୍ରଛାତ୍ରୀଙ୍କୁ ଏହି ହାତ ଖର୍ଚ୍ଚ ମିଳିବ । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଜ୍ୟସ୍ତରୀୟ ଭାରତୀୟ ଭାଷା ଉତ୍ସବରେ ଏହି ଘୋଷଣା କରିଛନ୍ତି । ବରଗଡ ଜିଲ୍ଲା ଘେଁସରେ ଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରାଯିବ । ରାଜ୍ୟ ସରକାରଙ୍କର ଏହି ଯୋଜନା ଜରିଆରେ ରାଜ୍ୟର ଲକ୍ଷାଧିକ ଏସସି, ଏସଟି ଛାତ୍ରଛାତ୍ରୀ ସୁଫଳ ପାଇବେ । ରାଜ୍ୟର ଏସସି, ଏସଟି ଛାତ୍ରଛାତ୍ରୀଙ୍କୁ ଶିକ୍ଷା କ୍ଷେତ୍ରରେ ଆଗକୁ ନେବା ଲକ୍ଷ୍ୟରେ ଚଳିତ ବର୍ଷ ରାଜ୍ୟ ସରକାର 'ସହିଦ ମାଧୋ ସିଂ ହାତ ଖର୍ଚ୍ଚ ଯୋଜନା' ଆରମ୍ଭ କରିବେ ବୋଲି ପୂର୍ବରୁ ସଂସଦୀୟ ବ୍ୟାପାର ମନ୍ତ୍ରୀ ମୁକେଶ ମହାଲିଙ୍ଗ ସୂଚନା ଦେଇଥିଲେ । ଏହି ଯୋଜନାରେ ନବମ ଓ ଏକାଦଶ ଶ୍ରେଣୀର ଛାତ୍ରଛାତ୍ରୀଙ୍କୁ ବାର୍ଷିକ ୫ ହଜାର ଟଙ୍କାର ଆର୍ଥିକ ସହାୟତା ମିଳିବ । ଏହି ଯୋଜନାରେ ରାଜ୍ୟ ସରକାର ୧୫୬ କୋଟି ଖର୍ଚ୍ଚ କରିବେ । ଏହି ଯୋଜନା ମାଧ୍ୟମରେ ଏସସି ଓ ଏସଟି ଛାତ୍ରଛାତ୍ରୀଙ୍କ ଡ୍ରପ୍ ଆଉଟ୍ ସମସ୍ୟା ରୋକାଯାଇ ପାରିବ ବୋଲି ରାଜ୍ୟ ସରକାର ଆଶାବ୍ୟକ୍ତ କରିଛନ୍ତି । ସୂଚନାଯୋଗ୍ୟ ଯେ, ରାଜ୍ୟର ବିଚ୍ଛିନ୍ନାଞ୍ଚଳର ଏସସି, ଏସଟି ଛାତ୍ରଛାତ୍ରୀମାନେ ଆର୍ଥିକ ସମସ୍ୟା କାରଣରୁ ଅଧାରୁ ପାଠପଢ଼ା ଛାଡି ଦେଉଥିବା ଦେଖାଯାଉଛି । ଏହା ଏବେ ବଡ ଚିନ୍ତାର କାରଣ ସାଜିଥିବାରୁ ଏଥିପାଇଁ ରାଜ୍ୟ ସରକାର ଏହି ଯୋଜନା ଲାଗୁ କରିବେ । ଏହି ସମସ୍ୟାକୁ ଦୂର କରିବା ପାଇଁ ବିଜେପି ନିର୍ବାଚନୀ ଇସ୍ତାହାରରେ ମଧ୍ୟ ଉଲ୍ଲେଖ କରିଥିଲା । ଏବେ କ୍ଷମତାକୁ ଆସିବା ପରେ ପୂର୍ବ ପ୍ରତିଶ୍ରୁତି ପୂରଣ କରିବାକୁ ମୁଖ୍ୟମନ୍ତ୍ରୀ ପ୍ରୟାସ ଆରମ୍ଭ କରିଦେଇଛନ୍ତି ।

## ଝାରପଡା ସ୍ୱତନ୍ତ୍ର ଜେଲରେ ଖୋଲିଲା ନୂତନ ସିନେମା ହଲ




ଭୁବନେଶ୍ୱର,୧୧।୧୨(ପି.ଏନ): ଡିସେମ୍ବର ୧୦ ତାରିଖ ବିଶ୍ୱ ମାନବାଧିକାର ଦିବସ ତଥା ରାଜ୍ୟ କଏଦୀ କାରାଗାର ପ୍ରତିଷ୍ଠା ଦିବସ ଅବସରରେ ଝାରପଡା ସ୍ୱତନ୍ତ୍ର ଜେଲରେ ଖୋଲିଛି ନୂତନ ସିନେମା ହଲ୍ । ଫଳରେ ଏଣିକି ଜେଲ ଭିତରେ ଥାଇ କଏଦୀମାନେ ଫିଲ୍ମ ଦେଖିବାର ମଜା ଉଠାଇ ପାରିବେ । କଏଦୀଙ୍କ ମାନସିକ ଚାପ ଓ ସ୍ଥିତିକୁ ଦୃଷ୍ଟିରେ ରଖି ଏହି ପଦକ୍ଷେପ ଗ୍ରହଣ କରାଯାଇଛି । ମନୋରଞ୍ଜନର ସୁଯୋଗ ମିଳିଲେ କଏଦୀଙ୍କ ମାନସିକ ସ୍ଥିତିରେ ସୁଧାର ଆସିବ ବୋଲି ଝାରପଡା ଜେଲ ସୁପରିଟେଣ୍ଡେଣ୍ଟ କହିଛନ୍ତି । ଜେଲ ଭିତରେ ଅନଲାଇନରେ ବିଗ ସ୍କ୍ରିନରେ କଏଦୀମାନେ ଫିଲ୍ମ ଦେଖିବାର ସୁଯୋଗ ପାଇ ପାରିବେ । କଏଦୀମାନେ ନିଜକୁ ସଂସ୍କାରମୂଳକ ସ୍ଥିତିରେ କିପରି ପରିବର୍ତ୍ତନ କରିବେ, ତାହାକୁ ଦୃଷ୍ଟିରେ ରଖି ଜେଲ କର୍ତ୍ତୃପକ୍ଷ ଏହି ପଦକ୍ଷେପ ଗ୍ରହଣ କରିଛନ୍ତି । ଏହି ସିନେମା ହଲରେ ପ୍ରଥମ ଫିଲ୍ମ ୧୨ଟା ୩ଟା ପର୍ଯ୍ୟନ୍ତ ସ୍କ୍ରିନିଂ କରାଯାଇଥିବା ବେଳେ ତାହା ୧୦୦ କ୍ଷମତା ଥିବା କଏଦୀଙ୍କ ଉଦ୍ଦିଷ୍ଟ । ପ୍ରତ୍ୟେକ ଦିନ ସିନେମା ପରିବେଷଣର ସୁବିଧା କରାଯାଇଥିବା ବେଳେ ମହିଳା କଏଦୀମାନେ କେବଳ ରବିବାର ଦିନ ସିନେମା ଦେଖିବାର ସୁଯୋଗ ପାଇବେ ବୋଲି କୁହାଯାଇଛି ।

## ୧୬ଟି କାର୍ଯ୍ୟଦିବସ ଥାଇ ବିଧାନସଭା ମୁଲତବୀ, ଝୁଲିଲା ବିଶ୍ୱବିଦ୍ୟାଳୟ ସଂଶୋଧନ ବିଲ



ଭୁବନେଶ୍ୱର,୧୧।୧୨(ପି.ଏନ): ବିଧାନସଭାର ଶୀତ ଅଧିବେଶନକୁ ୧୬ଟି କାର୍ଯ୍ୟଦିବସ ଥାଇ ଅନିର୍ଦ୍ଦିଷ୍ଟ କାଳ ପାଇଁ ଗୃହକୁ ମୁଲତବୀ କରିଛନ୍ତି ବାଚସ୍ପତି ସୁରମା ପାଢ଼ୀ । ନଭେମ୍ବର ୨୬ତାରିଖରୁ ଆରମ୍ଭ ହୋଇଥିବା ବିଧାନସଭାର ଶୀତ ଅଧିବେଶନ ଡିସେମ୍ବର ୩୧ତାରିଖ ପର୍ଯ୍ୟନ୍ତ ଚାଲିବାର କାର୍ଯ୍ୟକ୍ରମ ରହିଥିଲା । କିନ୍ତୁ ଆଜି ପ୍ରାୟ ୨୦ଦିନ ପୂର୍ବରୁ ଗୃହକୁ ମୁଲତବୀ କରାଯାଇଛି ଓ ମାତ୍ର ୧୨ଦିନ ଗୃହ ଚାଲିବା ସମ୍ଭବପର ହୋଇପାରିଛି । ବିଗତ ୩ଦିନ ଧରି ଗୃହର ଦ୍ୱିତୀୟାର୍ଦ୍ଧ ବିନା କାର୍ଯ୍ୟସୂଚୀ ପରିଚାଳିତ ହେଉଥିଲା । ବିଧାନସଭା ସଚିବାଳୟ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ, ଚଳିତ ଶୀତ ଅଧିବେଶନ ୩୧ତାରିଖ ପର୍ଯ୍ୟନ୍ତ ଚାଲିବାର କାର୍ଯ୍ୟକ୍ରମ ଥିଲେ ମଧ୍ୟ କୌଣସି ସରକାରୀ କାର୍ଯ୍ୟ ନଥିବାରୁ ଗୃହକୁ ମୁଲତବୀ କରାଯାଇଛି । ଚଳିତ ଅଧିବେଶନରେ ଜିଏସଟି ବିଲ୍ , ଓଡିଶା ବିନିଯୋଗ(ସଂଖ୍ୟା ୨) ବିଲ ଏବଂ ଓଡିଶା ସାର୍ବଜନୀନ ପରୀକ୍ଷା(ଅନୁଚିତ ସାଧନର ନିବାରଣ) ବିଲ-୨୦୨୪ ଆଗତ ଓ ପାରିତ ହୋଇଛି । ତେବେ ଓଡିଶା ବିଶ୍ୱବିଦ୍ୟାଳୟ ସଂଶୋଧନ ବିଲ-୨୦୨୪କୁ ଗୃହରେ ସରକାର ଗୃହରେ ଆଗତ କରିଥିଲେ ମଧ୍ୟ ଏହା ଉପରେ ଆଲୋଚନା କରିନାହାନ୍ତି । ବିଜେଡି ବିଧାୟକମାନଙ୍କ ବିରୋଧ ଓ ଅନ୍ୟ କେତେକ କାରଣରୁ ସରକାର ଏହି ବିଲକୁ ଚଳିତ ଅଧିବେଶନରେ ପାରିତ କରାଇବାକୁ ଆଗ୍ରହ ଦେଖାଇନଥିବା ଜଣାପଡିଛି ।

## ବେଲ୍‌ରେ ଆସି ପୀଡିତାଙ୍କୁ କାଟି ଖଣ୍ଡଖଣ୍ଡ କଲା ଦୁଷ୍କର୍ମ ଅଭିଯୁକ୍ତ




ଭୁବନେଶ୍ୱର,୧୧।୧୨(ପିଏନ):ନାବାଳିକା ଦୁଷ୍କର୍ମ ଅଭିଯୋଗରେ ଜେଲ୍ ଯାଇଥିଲା । ବର୍ଷ ପରେ ବେଲ୍‌ରେ ଜେଲ୍‌ରୁ ବାହାରିଥିଲା । ବୟାନ୍ ବଦଳାଇବା ପାଇଁ ପୀଡିତାଙ୍କ ଉପରେ ଚାପ ପକାଇଥିଲେ । ହେଲେ ପୀଡିତା ରାଜି ନହେବାରୁ ବାହାନା କରି ଡାକିନେଲା ଦୁଷ୍କର୍ମ ଅଭିଯୁକ୍ତ । ଆଉ ନିଛାଟିଆ ରାସ୍ତାରେ ଛୁରୀରେ କାଟି ଖଣ୍ଡଖଣ୍ଡ କରି ବ୍ରାହ୍ମଣୀ ନଦୀକୁ ଫିଙ୍ଗିଥିଲା । ଏପରି ବୀଭତ୍ସ ହତ୍ୟାକାଣ୍ଡ ସୁନ୍ଦରଗଡ ଜିଲ୍ଲାରେ ଘଟିଛି । ୧୮ ବର୍ଷିୟା ଲିପି(ଛଦ୍ମନାମ)ଙ୍କୁ ସୁନ୍ଦରଗଡ଼ ଜିଲ୍ଲା ଲେଫ୍ରିପଡା ଥାନା ଅଞ୍ଚଳର କୁନୁ କିଷାନ ଦୁଷ୍କର୍ମ କରିଥିଲେ । ୨୦୨୩ ମସିହାରେ ଘଟିଥିଲା ଏହି ଘଟଣା । ଏନେଇ ଅଭିଯୋଗ ହେବା ପରେ ପୁଲିସ୍ ତାକୁ ଗିରଫକରି କୋର୍ଟ ଚାଲାଣ କରିଥିଲା । ତା' ବିରୋଧରେ ପୁଲିସ୍ ପକ୍‌ସୋ ଆକ୍ଟ ଲଗାଇଥିଲା । ତେଣୁ ତାଙ୍କୁ ଜାମିନ ମିଳିନଥିଲା । ଅନ୍ୟପକ୍ଷରୁ ପୀଡିତା ଓ ତାଙ୍କ ପରିବାର ଝାରସୁଗୁଡା ପଳାଇ ଯାଇଥିଲେ । ପୀଡିତା ସେଠାରେ ଏକ ବ୍ୟୁଟି ପାର୍ଲରରେ କାମ କରୁଥିଲେ । ଜେନତେନ କରି ପରିବାର ଚଳାଉଥିଲେ ।








# ଟି ଟାଇମ୍

## ମୋକ୍ଷ ପାଇଁ ଦ୍ୱିତୀୟ ଥର ଅନ୍ତିମ ସଂସ୍କାର

ତାମିଲନାଡୁର ପୂର୍ବତନ ମୁଖ୍ୟମନ୍ତ୍ରୀ ଜୟଲଳିତାଙ୍କ ମୃତ୍ୟୁପରେ ଏବେ ତାଙ୍କ ପରିବାର ଲୋକେ ଧିରେଧିରେ ଆଗକୁ ଆସୁଛନ୍ତି। ଜୟଲଳିତାଙ୍କୁ କବର ଦିଆଯାଇଥିବାର ବିରୋଧ କରି ସେମାନେ ମୋକ୍ଷ ନିମନ୍ତେ ଦ୍ୱିତୀୟ ଥର ପାଇଁ ଅନ୍ତିମ ସଂସ୍କାର କାର୍ଯ୍ୟ କରାଇଛନ୍ତି। ମଙ୍ଗଳବାର ଦିନ ସମ୍ପୂର୍ଣ୍ଣ ହିନ୍ଦୁ ରୀତିନୀତି ଅନୁସାରେ ମୋକ୍ଷ ପ୍ରାପ୍ତି ପାଇଁ ଶ୍ରୀରଙ୍ଗପଟ୍ଟନମର କାବେରୀ ନଦୀ କୂଳରେ ଦାହ ସଂସ୍କାର କରାଯାଇଥିଲା। ମୁଖ୍ୟ ପୂଜାରୀ ରଙ୍ଗନାଥ ଲଙ୍ଗର ଏହି କାର୍ଯ୍ୟ ସମ୍ପର୍ଣ୍ଣ କରିଥିଲେ। ଦାହ ସଂସ୍କାରରେ ଜୟଲଳିତାଙ୍କ ଶବ ସ୍ଥାନରେ ଏକ କଣ୍ଢେଇକୁ ତାଙ୍କ ପ୍ରତିକୃତି ଭାବେ ଗ୍ରହଣ କରି ଦାହ କରାଯାଇଥିଲା। ଆସନ୍ତା ୫ଦିନ ପର୍ଯ୍ୟନ୍ତ ବାକି ଅନ୍ୟ ରୀତିନୀତି କରାଯିବ ବୋଲି କୁହାଯାଉଛି। ଏ ସମ୍ପର୍କରେ ଜୟଲଳିତାଙ୍କ ସମ୍ପର୍କୀୟ ଭାଇ ବରଦରାଜୁ କହିଛନ୍ତି ଯେ ଦଳ ପକ୍ଷରୁ ଯେଉଁଳି ଭାବେ ତାଙ୍କର ଶେଷ କୃତ୍ୟ କରାଗଲା ତାହା ଆଦୌ ଗ୍ରହଣୀୟ ନୁହେଁ। କ’ଣ ପାଇଁ ତାଙ୍କୁ ପୋତାଗଲା ଏବଂ କ’ଣ ପାଇଁ ଶେଷ କୃତ୍ୟ ସମୟରେ ପରିବାର ଲୋକଙ୍କୁ ଦୂରେଇ ରଖାଗଲା ତାହାର କାରଣ ଦଳ ସାର୍ବଜନୀନ କରିବା ଦରକାର। ଆମେ ପରିବାର ଲୋକେ ଏହାକୁ ବିରୋଧ କରି ଏଭଳି ଶେଷ କୃତ୍ୟ ସମ୍ପର୍ଣ୍ଣ କରିବାର ନିଷ୍ପତ୍ତି ନେଇଛୁ।

## ବିଶ୍ୱର ସବୁଠାରୁ ମହଙ୍ଗା ସୁଇଟର



ଏଜେନ୍ସି : ନ୍ୟୁୟର୍କ ଆମେରିକାରେ ତିଆରି ହୋଇଛି ବିଶ୍ୱର ସବୁଠାରୁ ମହଙ୍ଗା ସୁଇଟର। ଖ୍ରୀଷ୍ଟମାସ ପାଇଁ ବିଶେଷ ଭାବେ ଏହାକୁ ତିଆରି କରାଯାଇଥିଲା ବେଳେ ଏଥିରେ ଲଗାଯାଇଛି ଦାମି ହୀରା। ଏକ ଅନ୍‌ଲାଇନ୍ ଷ୍ଟୋରରେ ବିକ୍ରି ପାଇଁ ଉପଲବ୍ଧ ହେଉଥିବା ଏହି ସୁଇଟରର ମୂଲ୍ୟ ହେଉଛି ୨୦ଲକ୍ଷ ଟଙ୍କା। ଏହାକୁ ବିଶ୍ୱର ସବୁଠାରୁ ଦାମି ସୁଇଟରର ମାନ୍ୟତା ପ୍ରଦାନ କରାଯାଇଛି। ଏହି ଖ୍ରୀଷ୍ଟମାସ ସୁଇଟରରେ ସାନ୍ତାକ୍ଲଜର ଫଟୋ ଥିଲାବେଳେ ଲାଗିଛି ୨୪ହଜାରରୁ ଅଧିକ ହୀରା। ସୁଇଟର ତିଆରି କରୁଥିବା କମ୍ପାନୀ ଟିପ୍ସି ଏଲ୍‌ବେକ୍ସ ପକ୍ଷରୁ କୁହାଯାଇଛି ଯେ କ୍ରିଷ୍ଟାଲ ଓ ହୀରାରେ ପ୍ରସ୍ତୁତ ହୋଇଥିବା ଏହି ସୁଇଟରକୁ ତିଆରି ପାଇଁ ଲାଗିଥିଲା ୫୨ଘଣ୍ଟା।

# ପୁରାଣ କାହାଣୀ

## ମନ୍ଥରାଙ୍କ କୁମନ୍ତ୍ରଣା



ରାମଙ୍କ ଶିବଧନୁ ଭଙ୍ଗୁ କଲାପରେ ସତାଙ୍କୁ ଓ ଲକ୍ଷ୍ମଣ ଉର୍ମିଳାଙ୍କୁ ବିବାହ କରିବା ପରେ ଭାରତ ମାଣ୍ଡବୀଙ୍କୁ ଏବଂ ଶତ୍ରୁଘ୍ନ ଶୃତକୀରତିଙ୍କୁ ବିବାହ କଲେ। ଏହିପରି ଭାବରେ ରାଜା ଜନକଙ୍କ ପୁତ୍ରୀ ଓ ରାଜା ଦଶରଥଙ୍କ ପୁତ୍ରମାନେ ବିବାହ ମହା ଆଡମ୍ବରରେ ସମାହିତ ହେବା ପରେ ସମସ୍ତେ ବିଦାୟ ନେଇ ଫେରିବା ବାଟରେ ପ୍ରଭୁ ପର୍ଶୁରାମ ରାମଙ୍କ ବାଟ ଓଗାଳିଥିଲା ପରେ ରାମ ନିଜେ ପରମବ୍ରହ୍ମଙ୍କ ଅବତାର ଜାଣି କ୍ଷମା ପାର୍ଥନା କରିଥିଲେ ଓ ବାଟ ଛାଡି ଦେଇଥିଲେ। ।ରମ ସିତାଙ୍କର ବିବାହର କିଛି କାଳ ପରେ ବୃଦ୍ଧ ଦଶରଥ ରାମଙ୍କ ହାତରେ ରାଜ୍ୟଭାର ସମର୍ପି ଦେବାକୁ ଇଚ୍ଛା ପ୍ରକଟ କଲେ। ଏ ଖବର ଜାଣି କୋଶଳର ପ୍ରଜା ତଥା ରାଜାଙ୍କ ପାରିଷଦ ବୃନ୍ଦ ଅତ୍ୟନ୍ତ ଆନନ୍ଦିତ ହେଲେ। ହେଲେ ଏକଥା ଶୁଣି କୈକେୟୀଙ୍କ ଦାସୀ ମନ୍ଥରା କୈକେୟୀଙ୍କୁ କୁମନ୍ତ୍ରଣା ଦେବାକୁ ଆରମ୍ଭ କଲେ। ମନ୍ଥରା କଥାରେ କୈକେୟୀ ରାଜା ଦଶରଥଙ୍କୁ ଏକଦା ପ୍ରତିଜ୍ଞା କରିଥିବା ଦୁଇଟି ବର ପ୍ରଦାନ କରିବା ଛଳରେ ଏହି ଦୁଇ ମର ମାଗିଲେ ଯେ, ରାମ ବାର ବର୍ଷ ପାଇଁ ବନବାସ କରିବାକୁ ଯିବେ ଓ ତାଙ୍କ ପୁତ୍ର ଭରତ ରାଜା ହେବେ। ରାଜା ଦଶରଥ ଅତିଶୟ ଦୁଃଖରେ ତାଙ୍କ ସତ୍ୟ ରକ୍ଷା କଲେ।

## ଆନ୍ଧ୍ରନାଟ୍ୟମର କଳାକ୍ରିଷ୍ଣା



ଆନ୍ଧ୍ର ନାଟ୍ୟମର ଆଗଧାଡିର କଳାକାର ହେଉଛନ୍ତି କଳାକ୍ରିଷ୍ଣା। ସେ ପୁରୁଷ ହୋଇଥିଲେ ମଧ୍ୟ ମହିଳାଙ୍କ ବେଶରେ ମଞ୍ଚରେ ଦର୍ଶକଙ୍କୁ ମନ୍ତ୍ରମୁଗ୍ଧ କରି ଦିଅନ୍ତି। ଦର୍ଶକ ମଧ୍ୟ ଏହି କଳାକାରଙ୍କ ନୃତ୍ୟରେ ଆନନ୍ଦ ପାଆନ୍ତି। ସେ ଯେତେବେଳେ ମଞ୍ଚକୁ ଆସନ୍ତି ଦର୍ଶକ ତାଙ୍କୁ କରତାଳିରେ ସ୍ୱାଗତ କରନ୍ତି। ନୃତ୍ୟ ଶେଷରେ ମଧ୍ୟ ଦର୍ଶକମାନେ କରତାଳି ବର୍ଷାରେ ତାଙ୍କୁ ବିଦାୟ ଦିଅନ୍ତି। ଆନ୍ଧ୍ରନାଟ୍ୟମ ଆନ୍ଧ୍ରପେଦଶର ଏକ ମନ୍ଦିରରୁ ଆସିଛି। ଏହି ନୃତ୍ୟ ସ୍ଥାନୀ କଳା ଓ ସଂସ୍କୃତିର ଝଲକ ଦେଖିବାକୁ ମିଳେ। କଳାକ୍ରିଷ୍ଣା ମଧ୍ୟ ସ୍ଥାନୀ କଳା, ସଂସ୍କୃତି ଓ ଐତିହ୍ୟକୁ ତାଙ୍କ ନୃତ୍ୟ ମାଧ୍ୟମରେ ନିଖୁଣ ଭାବେ ପ୍ରାର୍ଧାନ କରି ଦେଶ ବିଦେଶରେ ସୁନାମ ଅର୍ଜନ କରିଛନ୍ତି। ସେ ପୁରାଣ ଯୁଗୀ ସତ୍ୟଭାମାଙ୍କ ଚରିତ୍ରକୁ ଦର୍ଶକଙ୍କ ପାଖରେ ପ୍ରଦର୍ଶନ କରିଥାଆନ୍ତି। କୃଷ୍ଣ ଏବଂ ସତ୍ୟଭାମାଙ୍କ ଭିତରେ ଗଢ଼ି ଉଠିଥିବା ସମ୍ପର୍କକୁ ସେ ନୃତ୍ୟ ମାଧ୍ୟମରେ ଭଲଭାବେ ପ୍ରଦର୍ଶନ କରୁଥିବାରୁ ତ ଆନ୍ଧ୍ର ନାଟ୍ରମରେ ତାଙ୍କର ଏକ ସ୍ୱତନ୍ତ୍ରତା ରହିଛି। ପୁଷ୍ପାଞ୍ଜଳୀରୁ କାର୍ଯ୍ୟକ୍ରମରୁ କଳାକ୍ରିଶଣା ନୃତ୍ୟ ଆରମ୍ଭ କରନ୍ତି। ଏହି ପରମ୍ପରା ପ୍ରଥମେ ଦେବଦାସୀ କରୁଥିଲେ ଭଗବାନ କୃଷ୍ଣଙ୍କ ପାଖରେ। ଦେବଦାସୀଙ୍କ ପଦାଙ୍କ ଅନୁସରଣ କରି କଳାକ୍ରିଷ୍ଣା ଏଭଳି ପ୍ରଦର୍ଶନ କରୁଥିବା ଜଣାପଡିଛି। ବିଶେଷ କରି ଜଣେ ପୁରୁଷ ହୋଇ ନାରୀ ବେଶରେ ନୃତ୍ୟ କରୁଥିବାରୁ ତାଙ୍କର ସ୍ୱତନ୍ତ୍ର କହିଲେ ନସରେ। ତାଙ୍କ ୬୦ ବର୍ଷ ଛୁଇଁଥିଲେ ବି ନୃତ୍ୟ ପ୍ରଦର୍ଶନରେ ସେ କେବେ କ୍ଲାନ୍ତ ଅନୁଭବ କରି ନାହାନ୍ତି।

### ଦୁଦୁରା ଫୁଲର ଔଷଧୀୟ ଗୁଣ

ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି। ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ। ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି। ଏହାର ବୀଜକୁ ଔଷଧ ରୂପେ ରଖାଯାଏ। ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ ପାଇଯାଇଥାଏ। ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବିନ୍ଧି ଦୂର ହୋଇଯାଇ ଥାଏ। ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ। ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ। ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ।

# ଆଜିର ଭାଗ୍ୟ

**ମେଷ** - କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** - ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** - କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନ କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** - ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମୀୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** - ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** - ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** - ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** - ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** - ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** - କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** - ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** - କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ମୋବାଇଲ ଗେମ ଶରୀର ପାଇଁ କ୍ଷତିକାରକ

ସ୍ମାର୍ଟ୍ ଫୋନ୍‌ରେ ବିଭିନ୍ନ ପ୍ରକାର ଗେମ୍ ଖେଳୁଥିବା ବ୍ୟକ୍ତି ଏବେ ସାବଧାନ ହୋଇଯାନ୍ତୁ। ଅଧିକାଂଶ ସମୟ ଦେଖିବାକୁ ମିଳେ ଯୁବପିଢ଼ି କ୍ୟାଣ୍ଡିକ୍ରସ୍ ଗେମ୍ ଖେଳିବାରେ ନିଜକୁ ଘଣ୍ଟା ଘଣ୍ଟା ଧରି ବ୍ୟସ୍ତ ରଖିଥାନ୍ତି। ଏପରିକି କେଉଁଠିକୁ ଯାତ୍ରା କରୁଥିବା ସମୟରେ, ସେ ଟ୍ରେନ୍ ହେଉ କିମ୍ବା ବସ୍ କ୍ୟାଣ୍ଡିକ୍ରସ୍‌ରେ ବ୍ୟସ୍ତ ରହିଥିବା ଲୋକମାନଙ୍କୁ ଦେଖିବାକୁ ମିଳେ। କିନ୍ତୁ କ’ଣ କେବେ ଭାବିଛନ୍ତି ଆପଣଙ୍କ ଏହି ଗେମ୍ ଖେଳିବାର ଅଭ୍ୟାସଟି ଆପଣଙ୍କ ପାଇଁ କ୍ଷତିକାରକ ସାବ୍ୟସ୍ତ ହେବ ? ନିକଟରେ ଆମେରିକାର କାଲିଫର୍ଣ୍ଣିଆରେ ଜଣେ ୨୯ବର୍ଷୀୟ ବ୍ୟକ୍ତି କ୍ୟାଣ୍ଡିକ୍ରସ ଖେଳିବାରେ ଏତେ ଅଭ୍ୟସ୍ତ ଥିଲେ ଯେ, ଘଣ୍ଟା ଘଣ୍ଟା ସମୟ କିପରି ଚାଲିଯାଉଥିଲା ସେ ଜାଣିପାରୁନଥିଲେ। ଅନେକ ସମୟ ଖେଳିବା ଦ୍ୱାରା ତାଙ୍କ ଆଙ୍ଗୁଠିରେ ରହିଥିବା ଟିସୁଟି ଫାଟିଯାଇଥିଲା। ଡାକ୍ତରଙ୍କ କହିବା ଅନୁସାରେ ବର୍ତ୍ତମାନ ଆଙ୍ଗୁଠିରେ ଅସ୍ତ୍ରୋପ୍ରଚାର କରାଯିବ। ଅତ୍ୟଧିକ ଗେମ୍ ଖେଳିବା ଫଳରେ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି ହୋଇପାରେ। ଯଦି ଗେମ୍ ଖେଳିବାର ଅଧିକ ସଉକ ଅଛି ତେବେ ପ୍ରତିଦିନ ଅଧ ଘଣ୍ଟାର ସମୟ କେବଳ ମୋବାଇଲ ଗେମ୍‌କୁ ଦିଅନ୍ତୁ। ଯେପରି ଏହାର କୌଣସି ଖରାପ ପ୍ରଭାବ ଆପଣଙ୍କ ଶରୀର ଉପରେ ନପଡ଼େ।




ବଲିଉଡରେ ଯେତେସବୁ ଅଭିନେତା ରହିଛନ୍ତି ସେମାନଙ୍କ ମଧ୍ୟରୁ ସବୁଠାରୁ ସେକ୍ସି ପୁରୁଷ ହେଉଛନ୍ତି ହ୍ରିତିକ ରୋଶନ। ଏକଥା ଆମେ କହୁଁ ନାହୁଁ ଇଂଲଣ୍ଡର ଏକ ମାଗାଜିନ୍ ପକ୍ଷରୁ ହୋଇଥିବା ସର୍ଭେର ରିପୋର୍ଟ କହୁଛି। ଇଂଲଣ୍ଡର ଏହି ପ୍ରମୁଖ ମାଗାଜିନ୍ ପକ୍ଷରୁ ପ୍ରତିବର୍ଷ ପୂରା ଏସିଆ ମହାଦେଶର ସେକ୍ସିଏଷ୍ଟ ପୁରୁଷଙ୍କର ତାଲିକା ପ୍ରକାଶ କରାଯାଇଥାଏ। ଚଳିତବର୍ଷର ତାଲିକାରେ ଦ୍ୱିତୀୟ ସ୍ଥାନରେ ରହିଛନ୍ତି ହ୍ରିତିକ। କିନ୍ତୁ ବଲିଉଡର ସମସ୍ତ ହିରୋଙ୍କୁ ପଛରେ ପକାଇ ଦେଇଛନ୍ତି। ପ୍ରଥମ ସ୍ଥାନରେ ରହିଛନ୍ତି ହଲିଉଡ ସିଙ୍ଗର ଜୈନ ମଲ୍ଲିକ। ଏହି ତାଲିକାରେ ପାକିସ୍ତାନୀ ଅଭିନେତା ଫୱାଦ ତୃତୀୟ ସ୍ଥାନରେ ରହିଥିବା ବେଳେ ସଲମାନ ୫ମ, ଶାହିଦ ୭ମ ଏବଂ ରଣବୀର ସିଂହ ୧୦ମ ସ୍ଥାନରେ ରହିଛନ୍ତି। ଫିଲ୍ମ ଜଗତରେ ପ୍ରବେଶ ପରଠାରୁ ହିଁ ହ୍ରିତିକ ହଟ୍ ସେଲିବ୍ରିଟି ମାନଙ୍କ ମଧ୍ୟରେ ସାମିଲ ହୋଇଥିଲେ। କିଛିଦିନ ପୂର୍ବରୁ ସବୁଠାରୁ ହ୍ୟାଣ୍ଡସମ୍ ପୁରୁଷ ତାଲିକାରେ ମଧ୍ୟ ତୃତୀୟ ସ୍ଥାନରେ ରହିଥିଲେ ସେ। ସର୍ବଦା ନିଜର ଗ୍ଲାମରସ୍ ଲୁକ୍ ପାଇଁ ଦର୍ଶକଙ୍କ ପ୍ରଶଂସାର ପାତ୍ର ହୋଇଛନ୍ତି ହ୍ରିତିକ।

## ‘କର୍ଫି’ର ଚିତ୍ରକର ଅମିତା

ପିଲାଦିନରୁ ଶ୍ରବଣଶକ୍ତି ହରାଇଥିବା ଅମିତା କେବେ ବି ଏହାକୁ ନିଜ ସଫଳତାର ରାସ୍ତାରେ ବାଧକ ସାଜିବାକୁ ଦେଇନାହାନ୍ତି। ବାପା ମା’ ମଧ୍ୟ ଝିଅଙ୍କୁ ଆଗକୁ ବଢ଼ିବା ପାଇଁ ଖୁବ୍ ପ୍ରେରଣା ଦେଇଛନ୍ତି। ସାଧାରଣ ସ୍କୁଲରେ ପଢ଼ିବାର ସୁଯୋଗ ନ ମିଳିବାରୁ ନ୍ୟାସନାଲ ଇନଷ୍ଟିଚ୍ୟୁଟ ଅଫ୍ ଓପନ ସ୍କୁଲିଂ ଅଧିନରୁ ସ୍କୁଲ ଶିକ୍ଷା ଶେଷ କରିଥିଲେ। ଏହାପରେ ଦିଲ୍ଲୀ ମହିଳା ପଲିଟେକନିକ୍‌ରେ ଦାଖଲା ନେଇଥିଲେ ଇଣ୍ଟିରିୟର ଡିଜାଇନ କୋର୍ସରେ। ତିନିବର୍ଷର ଏହି କୋର୍ସ ଶେଷ କରିବାର କିଛିବର୍ଷ ମଧ୍ୟରେ ତାଙ୍କର ବିବାହ ହୋଇଥିଲା ଗୋରେଗାଓଁର ଚାରୁ ଦତ୍ତଙ୍କ ସହ। ଚାରୁ ମଧ୍ୟ ଅମିତାଙ୍କ ପରି ଶ୍ରବଣଶକ୍ତିହୀନ ଥିଲେ। କିଛିବର୍ଷ ମଧ୍ୟରେ ନିନାଦ ଓ ଧ୍ୱନ ନାମରେ ଦୁଇଟି ସନ୍ତାନ ହୋଇଥିଲେ ତାଙ୍କର। ପରିବାରର ଦାୟିତ୍ୱ ତୁଲାଉ ତୁଲାଉ ଅମିତାଙ୍କ ଚିତ୍ରଶିଳ୍ପୀର ପ୍ରତିଭା ଲୁଚି ଯାଉଥିଲା। ଯାହାକି ପିଲାଦିନରୁ ତାଙ୍କ ଭିତରେ ରହିଥିଲା। କୁହାଯାଏ ପ୍ରତିଭା ଦିନେ ନା ଦିନେ ବିକଶିତ ହୋଇଥାଏ। ଆଉ ଅମିତାଙ୍କ ପ୍ରତିଭାକୁ ବିକଶିତ କରିବାରେ ସହଯୋଗର ହାତ ବଢାଇଥିଲେ ତାଙ୍କ ଶାଶୂ ମା’। ତାଙ୍କ ପ୍ରେରଣା ପାଇ ଅମିତା ଗୋରେଗାଓଁରେ ସାବିତ୍ରୀ ପଲିଟେକନିକ୍ ରେ ଆର୍ଟ ଆଣ୍ଡ କ୍ରାଫ୍ଟରେ ଡିପ୍ଲୋମାରେ ନାମ ଲେଖାଇଥିଲେ। ଏଥିରେ ନାମ ଲେଖାଇବା ଯେପରି ତାଙ୍କ






ସଫଳତାର ପ୍ରଥମ ପାହାଚ ଥିଲା। ଗୋଟିଏ ଦିନ କଲେଜରୁ ଫେରି ସେ ତାଙ୍କ ଶାଶୂ ମା’ଙ୍କୁ ନିଜର ଏକ ପେଣ୍ଟିଂ ଦେଖାଇଥିଲେ। ଯାହାକୁ ଦେଖିବା ପରେ ହତବାକ୍ ହୋଇଯାଇଥିଲେ ତାଙ୍କ ଶାଶୁମା’। କାରଣ ସେହି ପେଣ୍ଟିଂ ଟି କୌଣସି ରଙ୍ଗରେ ନୁହେଁ ବରଂ ସମ୍ପୂର୍ଣ୍ଣ ଭାବେ ପ୍ରସ୍ତୁତ ହୋଇଥିଲା କର୍ଫିରେ। ବୋହୂର ଏପରି ନିଆରା ପ୍ରତିଭାରେ ଖୁସି ହୋଇଯାଇଥିଲେ ଶାଶୂ ମା’ ଏବଂ ଆଗକୁ ବଢ଼ିବା ପାଇଁ ଦେଇଥିଲା ପ୍ରେରଣା। ତା’ପରଠାରୁ ଅମିତା କର୍ଫିରେ ଆଙ୍କି ଚାଲିଲେ ଅନେକ ଚିତ୍ର। ନିଜ ଚତୁଃପାର୍ଶ୍ୱରୁ ହିଁ ଅମିତାଙ୍କୁ ମିଳିଯାଏ ବିଷୟବସ୍ତୁ। ଯେପରିକି ଅଟୋ, ରିକ୍ସା, ରେସିଂ କାର୍ ଇତ୍ୟାଦିକୁ ନିଜ ଅଙ୍କନ ମାଧ୍ୟମରେ ଏକ ଭିନ୍ନ ରୂପ ଦେଇଥାନ୍ତି ଅମିତା। ଗଛ ଓ ଶୁଆ ପ୍ରତି ତାଙ୍କର ରହିଛି ଅଧିକ ଭଲପାଇବା। ଯାହାକୁ ନେଇ ସେ ଅଙ୍କନ କରିଛନ୍ତି ଅନେକ ଚିତ୍ର। କେବଳ ଏତିକି ନୁହେଁ ଜାତିର ପିତା ମହାତ୍ମା ଗାନ୍ଧୀ ଏବଂ ଚାର୍ଲି ଚାପଲିନଙ୍କ ପରି ବ୍ୟକ୍ତିଙ୍କର ମଧ୍ୟ ଅନେକ ଚିତ୍ର ଆଙ୍କିଛନ୍ତି। କର୍ଫିରେ ଚିତ୍ର ଅଙ୍କନ କରିବା ପାଇଁ ଅମିତାଙ୍କୁ କରିବାକୁ ପଡିଥାଏ ଅନେକ ପରିଶ୍ରମ। ମାତ୍ର ପରିଶ୍ରମ କରିବାରେ କେବେ ବି ହେଳା କରନ୍ତି ନାହିଁ ଅମିତା। ଧୀରେ ଧୀରେ ତାଙ୍କର ଏହି ପ୍ରତିଭା ଅର୍ଥ ରୋଜଗାରର ମାଧ୍ୟମ ବନିଗଲା। ବିଭିନ୍ନ ସହରରେ ପ୍ରଦର୍ଶନୀ କରି ପେଣ୍ଟିଂ ବିକ୍ରି କରିବାକୁ ଆରମ୍ଭ କଲେ ସେ। ତାଙ୍କ ପେଣ୍ଟିଂ ଗୁଡିକ ବିଦେଶୀ ପର୍ଯ୍ୟଟକଙ୍କ ଦ୍ୱାରା ମଧ୍ୟ ଆଦୃତ ହୋଇଥିଲା। ବିଦେଶର ଅନେକ କାର୍ଯ୍ୟକ୍ରମରେ ଅମିତାଙ୍କ ପେଣ୍ଟିଂ ପାଇଁ ଏକ ସ୍ୱତନ୍ତ୍ର ସ୍ଥାନ ମଧ୍ୟ ରହିଲା। ତାଙ୍କର ଏହି ସଫଳତା ପାଇଁ ୨୦୧୩ରେ ତାଙ୍କୁ ଶ୍ରେଷ୍ଠ ଆତ୍ମନିର୍ଭରଶୀଳ ଭିନ୍ନକ୍ଷମ ପାଇଁ ଜାତୀୟ ପୁରସ୍କାର ମଧ୍ୟ ମିଳିସାରିଛି। ଅମିତାଙ୍କ ଶାରୀରିକ ଅକ୍ଷମତା କେବେ ବି ତାଙ୍କୁ ଅସହାୟ କରିନାହିଁ। ତାଙ୍କ କହିବାନୁଯାୟୀ, ମଣିଷର ଦୃଢମନା ହିଁ ତାଙ୍କୁ ସମସ୍ତ ସମସ୍ୟାର ସମ୍ମୁଖୀନ ହେବା ପାଇଁ ସାହସ ଦେଇଥାଏ।

## ଡାଲିଜାତୀୟ ଫସଲ

ଛୁଇଁ ୮୦-୮୫ ଭାଗ ପାକଳ ହୋଇଗଲେ ଅମଳ କରି ଦିଅନ୍ତୁ। ଛୁଇଁ ଅଧିକ ଶୁଖି ଫାଟିଯିବା ଦ୍ୱାରା ମଞ୍ଜି ବାହାରି ବିଛାଡି ହୋଇପଡେ। ଆବଶ୍ୟକ ହେଲେ ଥରେ କିମ୍ବା ଦୁଇଥରରେ ପାକଳ ଛୁଇଁ ତୋଳି ନେଇ ସବୁଜ ଗଛକୁ ଚାଷ କରି ମାଟିରେ ମିଶାଇ ଦେବା ଭଲ। ଏହା ମାଟିକୁ ଉର୍ବର କରେ।

-ଅମଳ ପରେ ମଞ୍ଜିକୁ ଭଲ ଭାବରେ ଖରାରେ ଶୁଖାଇ ଦିଅନ୍ତୁ। ସାଇତି ରଖିବା ବେଳକୁ ମଞ୍ଜିରେ ଶତକଡା ୧୦ଭାଗରୁ କମ୍ ଜଳୀୟଂଶ ରହିବା ଉଚିତ। ଏହି ସମୟରେ ବିହନ କି.ଗ୍ରା. ପ୍ରତି ୨ଗ୍ରାମ୍ ହିସାବରେ ସୋରିଷ ତେଲ କିମ୍ବା ରାଶି ତେଲ ଗୋଳାଇ ସାଇତି ରଖିଲେ ପୋକ ଲାଗିବା କମିଯାଏ।




# ଶିଶୁ ଶ୍ରମିକ: ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ !

୧୯୮୬ ନଭେମ୍ବର ୨୦ ତାରିଖରେ ଜାତିସଂଘର ସାଧାରଣ ବୈଠକରେ ଶିଶୁଙ୍କର ୪ଟି ଅଧିକାର ସଂକ୍ରାନ୍ତରେ ବିଶଦ ଭାବରେ ଆଲୋଚନା କରାଯାଇଥିଲା। ଏହାର ପ୍ରଥମ ଧାରାରେ କୁହଯାଇଛିଯେ ୧୮ବର୍ଷରୁ କମ୍ ବୟସ୍କ ବ୍ୟକ୍ତିହିଁ ଶିଶୁ। ଶିଶୁର ଅଧିକାରରେ ରହିଛି : (୧) ବଂଚିବାର ଅଧିକାର, (୨) ସୁରକ୍ଷା ବା ନିରାପତ୍ତାର ଅଧିକାର (୩) ସୁଶିକ୍ଷା ଅଧିକାର, (୪) ନିଜର ମତବ୍ୟକ୍ତ କରିବାର ଅଧିକାର। ଏହା ଫଳରେ ଶିଶୁଟି ସମସ୍ତ ଶୋଷଣ, ଯନ୍ତ୍ରଣା, ଭର୍ତ୍ସନା, ତା'ପ୍ରତି ଅସଦ୍‌ବ୍ୟବହାର ଇତ୍ୟାଦିରୁ ମୁକ୍ତି ପାଇପାରିବ। ଅନ୍ୟପକ୍ଷରେ ଏକ ନିଶ୍ଚିନ୍ତ ଓ ନିଶ୍ଚିତ ନିରାପତ୍ତା ଜୀବନଯାପନ ସହିତ ସୁସ୍ଥ ଏବଂ ସବଳ ଜୀବନ ସହିତ ସୁଶିକ୍ଷା ପାଇପାରିବ।

ଶିଶୁର ଏହି ଅଧିକାରକୁ ଆହୁରି ସୁଗମ, ସ୍ୱଚ୍ଛଳ ଓ ପିଛିଳ ପାଇଁ ଆମ ସରକାର ୨୦୧୦ ମସିହା ଏପ୍ରିଲ ୧ଠାରୁ ୬ରୁ ୧୪ବର୍ଷ ଯାଏଁ ଶିଶୁମାନଙ୍କୁ ବାଧ୍ୟତାମୂଳକ ଶିକ୍ଷାର ବ୍ୟବସ୍ଥା କରିଛନ୍ତି। ଫଳରେ ସେମାନେ ବିଦ୍ୟାଳୟ ଯିବେ। ଶିଶୁ ଶ୍ରମିକ ପ୍ରଥାରୁ ମୁକ୍ତି ପାଇବେ। ଏଥିପାଇଁ ସର୍ବଶିକ୍ଷା ଅଭିଯାନ ଆମ ଦୁଆର ଉଭା ହୋଇଛି।

'ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ' ହେଉଛି ସର୍ବଶିକ୍ଷା ଅଭିଯାନର ମୁଖ୍ୟ ଲକ୍ଷ୍ୟ। ଏହାରମାନେ ଏହି ଯେ ୬-୧୪ବର୍ଷ ଶିଶୁମାନେ ନିଶ୍ଚିତ ଭାବେ ବିଦ୍ୟାଳୟକୁ ଯିବେ; ସେଠି ମାଗଣାରେ ୧୪ବର୍ଷ ଯାଏଁ ପଢ଼ିବେ ଏବଂ ସ୍ୱାସ୍ଥ୍ୟକର ପରିବେଶର ନିରୋଗଭାବେ ବଢ଼ିବେ। ଅର୍ଥାତ୍ ପୂର୍ବପରି ଏମାନେ ଶିଶୁଶ୍ରମିକ ଭାବେ ଖଟିବେ



ନାହିଁ। ମୋଟ ଉପରେ ଶିଶୁ ଶ୍ରମିକ ପ୍ରଥା ସଂପୂର୍ଣ୍ଣ ଉଚ୍ଛେଦହେବ। ଉତ୍ତମ ନାଗରିକ ଭାବେ ନିଜକୁ ଗଢ଼ିବାକୁ ହେଲେ ପ୍ରଥମେ ନିଜକୁ ଶିକ୍ଷିତ କରାଇବାକୁ ହେବ। ଏମାନଙ୍କୁ ୬-୧୪ବର୍ଷ ମଧ୍ୟରେ ଶ୍ରମ ବା ଅର୍ଥନୈତିକ ସମସ୍ୟା ସହିତ ଜଡ଼ିତ ରଖାଯିବ ନାହିଁ।

ଶିଶୁମାନଙ୍କୁ ଶ୍ରମ ମୁକ୍ତ ରଖିବାପାଇଁ ଶିଶୁ ଶ୍ରମିକ ଆଇନ ରହିଛି। ୧୯୮୬ ଶିଶୁ ଶ୍ରମିକ ଆଇନ ଅନୁଯାୟୀ ୧୩ଟି ବିପଜ୍ଜନକ ସଂସ୍ଥା ଓ ୫୭ଟି ବିପଦପୂର୍ଣ୍ଣ ସଂସ୍ଥାରେ ୧୪ବର୍ଷରୁ କମ୍ ବୟସର ପିଲାଙ୍କୁ ନିଯୁକ୍ତି ନିଷେଧ କରାଯାଇଛି। ଏମାନଙ୍କ ଭିତରେ ଅଛି ଅଟୋ ମୋବାଇଲ ୱାର୍କସପ୍, ଗ୍ୟାରେଜ୍, ଫାଉଣ୍ଡ୍ରି, ବିସ୍ଫୋରକ ସାମଗ୍ରୀ ପ୍ରସ୍ତୁତି, ତନ୍ତଶିଳ୍ପ, ଖଣି ଖାଦାନ, ପ୍ଲାଷ୍ଟିକ ବା ଫାଇବର କାରଖାନା ଇତ୍ୟାଦି। ଅନ୍ୟାନ୍ୟ ପ୍ରକ୍ରିୟା ଭିତରେ ଅଛି ବିଡ଼ି ବା ଅଗରବତୀ ତିଆରି, ଗାଲିଚା ବୁଣିବା, ମଣି କାଟିବା,



ପଲିସି , ତାଲା ତିଆରି, ଚୁଡ଼ି ପ୍ରସ୍ତୁତି ଓ ଜରି ତିଆରି ଇତ୍ୟାଦି ଅନ୍ତର୍ଭୁକ୍ତ। ଏବେ ସମସ୍ତଙ୍କ ପାଇଁ ଶିକ୍ଷାଯୋଜନାରେ ପ୍ରବର୍ତ୍ତିତ ସର୍ବଶିକ୍ଷା ଅଭିଯାନ ଶିଶୁମାନଙ୍କର ସାକ୍ଷରତା ହାର ବୃଦ୍ଧି କରିବାରେ ସହାୟକ ହେଉଛି। ଶିଶୁ ଶ୍ରମିକଙ୍କ ହାର ହ୍ରାସ କରିବାରେ ବିଦ୍ୟାଳୟ ମାନଙ୍କରେ ମାଗଣା ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା, ମାଗଣା ଶିକ୍ଷା ଓ ପୋଷାକ ତଥା ସାଇକେଲ ଇତ୍ୟାଦି ସହାୟତା ବେଶ ଉତ୍କଣ୍ଠା ସୃଷ୍ଟି କରିଛି। ଯେଉଁ କ୍ଷେତ୍ରରେ ଶିଶୁଟିଏ ଶିକ୍ଷା ବିନିମୟରେ ଶ୍ରମ କରି ଅର୍ଥ ଉପାର୍ଜନ କରୁଛି, ସେତ ଅଣ କୁଶଳୀ ହୋଇ ରହୁଛି, ଅପରନ୍ତୁ ବିପଜ୍ଜନକ ଓ ବିପଦପୂର୍ଣ୍ଣ କାର୍ଯ୍ୟରେ ନିୟୋଜନ ହେତୁ ବେଳେବେଳେ ମୃତ୍ୟୁ ମୁଖରେ ପଡୁଛି ଅଥବା ଦୁର୍ଘଟଣା କାରଣରୁ ସବୁଦିନ ପାଇଁ ପଙ୍ଗୁ ଅଥବା ବିକଳାଙ୍ଗ ସାଜି ବେକାର ହୋଇ ଭିକାରୀ ଜୀବନ ଯାପନ କରୁଛି। ଏଥିରୁ ନିବୃତ୍ତି ରଖି ଶିଶୁମାନଙ୍କୁ ଉନ୍ନତ ଭାବରେ ଗଢ଼ିବାରେ ଏବେକାର ସରକାର ଶିକ୍ଷା, ସ୍ୱାସ୍ଥ୍ୟ, ନିରାପତ୍ତା ଏବଂ ପୁଷ୍ଟିସାଧନ ଆଜି ସୁବିଧା ଓ ସୁଯୋଗମାନ ଯୋଗାଇ ଚାଲିଛନ୍ତି।

ଶିଶୁ ଶ୍ରମିକ ପ୍ରଥା ଉଚ୍ଛେଦପାଇଁ ବ୍ୟବସ୍ଥାମାନ ଏବେ ଗ୍ରହଣ କରାଯାଉଛି। ସେଥିପାଇଁ ଶିକ୍ଷା, ଷ୍ଟାଇପେଣ୍ଡ, ପ୍ରୋତ୍ସାହନ, ପ୍ରେରଣା, ସ୍ୱାସ୍ଥ୍ୟ ଓ ଧନ୍ଦାମୂଳକ କାର୍ଯ୍ୟକ୍ରମକୁ ହାତକୁ



ନିଆଯାଇଛି। ଜାତୀୟ ଶିଶୁ ଶ୍ରମିକ ପ୍ରକଳ୍ପ ଅନୁଯାୟୀ ନିୟୋଜିତ ଶିଶୁମାନଙ୍କୁ ତାଙ୍କ କର୍ମସଂସ୍ଥାନରୁ ଫେରାଇଆଣି ସର୍ବଶିକ୍ଷା ଅଭିଯାନ ଅନ୍ତର୍ଭୁକ୍ତ କରାଯାଉଛି। ସେମାନଙ୍କ ଶାରୀରିକ ଯଥାର୍ଥ ବୃଦ୍ଧି ସାଧନ ପାଇଁ ପୁଷ୍ଟିକର ଖାଦ୍ୟ ଯୋଗାଇ ଦିଆଯାଉଛି। ବିଭିନ୍ନ ସ୍ଥାନରେ ଆବଶ୍ୟକତାକୁ ନେଇ ସ୍ୱତନ୍ତ୍ର ବିଦ୍ୟାଳୟ ମଧ ସ୍ଥାପନ ହେଉଛି। ଏହାସତ୍ତ୍ୱେ ଯଦି କୌଣସି ଶିଶୁ ନିୟୋଜନ ଥାଆନ୍ତି ସେଠି ପିତାମାତାଙ୍କୁ ପ୍ରବର୍ତ୍ତାଇବାକୁ ପଦକ୍ଷେପ ନିଆଯାଉଛି ଏବଂ ଶିଶୁଶ୍ରମିକ ନିୟୋଜନ କାରୀଙ୍କୁ ଉପଯୁକ୍ତ ଦଣ୍ଡବିଧାନ କରାଯାଉଛି। ସର୍ବଶିକ୍ଷା କାର୍ଯ୍ୟକ୍ରମ ଅନୁଯାୟୀ ଅଧୁନା ୬-୧୪ବର୍ଷ ଶିଶୁମାନଙ୍କୁ ବିଦ୍ୟାଳୟକୁ ଆଣି



ଶିକ୍ଷାଦେବାର ବ୍ୟବସ୍ଥା ତ୍ୱରାନ୍ୱିତ କରାଯାଉଛି।

ଏସବୁ ସତ୍ତ୍ୱେ ଭାରତରେ ଓଡ଼ିଶାରେ ଶିଶୁ ଶ୍ରମିକ ସଂଖ୍ୟା ସର୍ବାଧିକ। ୨୦୦୩ର ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଯେ ସେତେବେଳେ ଗଞ୍ଜାମରେ ଏହାଥିଲା ୬୫,୮୭୮ କେବଳ। ତା'ତଳକୁ ଥିଲା ମୟୁରଭଞ୍ଜ ୬୦,୪୨୪ ଶିଶୁଶ୍ରମିକ। ଏହି କ୍ରମରେ ଏବେବି ସୁନ୍ଦରଗଡ଼, କଟକ, ସମ୍ବଲପୁର, କେନ୍ଦ୍ରାପଡ଼ା, ଭଦ୍ରକ, ଅନୁଗୁଳ... ଇତ୍ୟାଦି ଅଛନ୍ତି।

ଓଡ଼ିଶାରେ ଗ୍ରାମାଞ୍ଚଳରେ ଅଧିକାଂଶ ଶିଶୁ ଶ୍ରମିକ ଚାଷ କାର୍ଯ୍ୟ, ଘରୋଇ ସେବା, ଜଙ୍ଗଲଜାତ ଦ୍ରବ୍ୟ ସଂଗ୍ରହ କରୁଥିବା ବେଳେ ସହରମାନଙ୍କରେ ହୋଟେଲ, ଗ୍ୟାରେଜ, ଜୋତା ପଲିସ୍, ଦରଜୀ ଦୋକାନ, କାଚ ଗୋଦାମ, ମାଛ ଗୋଦାମ, ତେଜରାତି



ଦୋକାନ ଏବଂ ଘରୋଇ ସେବାରେ ନିୟୋଜିତ ଅଛନ୍ତି। ଏତଦ୍‌ଭିନ୍ନ ବିଡ଼ି ତିଆରି, ଅଗରବତୀ ପ୍ରସ୍ତୁତି, କୋଇଲା ଓ ଲୁହାପଥର ସଂଗ୍ରହ, କବାଡ଼ି ଜିନିଷ ସଂଗ୍ରହ ଇତ୍ୟାଦିରେ ଶିଶୁମାନଙ୍କୁ ନିୟୋଜନ କରାଯାଉଛି। ଏହା ପ୍ରତ୍ୟେକ୍ଷ ବା ପରୋକ୍ଷ ଭାବରେ ଶିଶୁଶ୍ରମିକ ଓ ଶୋଷଣ ଅନ୍ତର୍ଭୁକ୍ତ ଅଟେ। ଏପ୍ରକାର ଶୋଷଣ ପାଇଁ ଆମ ଭିତରେ ଥିବା ପୁଞ୍ଜିପତି ଏବଂ ମୁନାଫାଖୋର ଗୋଷ୍ଠୀଦାୟୀ। ଏଥିପାଇଁ ବର୍ତ୍ତମାନ 'କ୍ୟାମ୍ପେନ୍ ଏଗ୍‌ନେଷ୍ଟ ଚାଇଲଡ୍ ଲେବର' ତରଫରୁ ସଂଗ୍ରାମ ଜାରିରହିଛି। ସେହିପରି ବାଳିକା ଶ୍ରମ ନିଷେଦ୍ଧକୁ ସ୍ୱତନ୍ତ୍ର ଆଇନ ଅଛି।

ଶିଶୁଶ୍ରମିକ ପ୍ରଥା ଲୋପପାଇଁ ଖାଲି ଆଇନ ଯଥେଷ୍ଟ ନୁହେଁ। ଏଥିପାଇଁ ସଚେତନତା ସୃଷ୍ଟିଦରକାର ଏବଂ ସର୍ବଶିକ୍ଷା ଅଭିଯାନର ବାସ୍ତବ ରୂପରେଖ ପାଇଁ ଆନ୍ତରିକ ପ୍ରଚେଷ୍ଟା ଦରକାର। ଏ ଦାୟିତ୍ୱ ମୋର, ଆପଣଙ୍କର ଏବଂ ସଭିଙ୍କର।

ଏହା ସତ୍ୟ ଯେ ଶିଶୁହିଁ ଏ ଜାତିର ଭବିଷ୍ୟତ ଏବଂ କର୍ଣ୍ଣଧାର। ତାକୁ ଠିକ୍ ଭାବରେ ଗଢ଼ି ତୋଳିବା ଦାୟିତ୍ୱ ଆମର।

# ଅଳିଆଗଦାରେ ତରକାରୀ ଆଇନ

କୌଣସି ଭୋଜିରେ ଅଥବା ହୋଟେଲ, ରେଷ୍ଟୁରାଣ୍ଟ, କ୍ୟାଣ୍ଟିନ୍, କ୍ଲବ ଆଦିରେ ଜଣେ ବ୍ୟକ୍ତିଙ୍କୁ ଦୁଇ ପ୍ରକାରରୁ ଅଧିକ ତରକାରୀ ପରସା ଯାଇପାରିବ ନାହିଁ । ଏ ସଂକ୍ରାନ୍ତରେ ଓଡ଼ିଶା ସରକାରଙ୍କ ସ୍ୱତନ୍ତ୍ର ଆଇନଗତ ବ୍ୟବସ୍ଥା ଥିଲେ ମଧ ଏହାକୁ ସରକାରୀକଳ ବି ମାନୁନାହିଁ। ସରକାର ଚଳାଉଥିବା ବ୍ୟକ୍ତିବିଶେଷ ଓ ଉଚ୍ଚ ପଦାଧିକାରୀମାନେ ନିଜ ନିଜର ପତିଆରା ପାଇଁ ସ୍ଥଳବିଶେଷରେ ୨୦ ପ୍ରକାରରୁ ଅଧିକ ବ୍ୟଞ୍ଜନ ପରିବେଷଣ କରାଉଥିଲେ ମଧ ତାହାକୁ ରୋକାଯାଇ ନଥିବାରୁ ସାଧାରଣ ଲୋକଙ୍କ ଉପରେ ଏହି ଆଇନଗତ ବ୍ୟବସ୍ଥାର ସାମାନ୍ୟ ପ୍ରଭାବ ପଡୁନାହିଁ। ଅତ୍ୟାବଶୀକୟ ସାମଗ୍ରୀ ଆଇନ ଆଧାରରେ ଭାରତ ସରକାରଙ୍କ କୃଷି ମନ୍ତ୍ରାଳୟ ୧୯୭୨ ମସିହାରେ ଏପରି ଏକ ବ୍ୟବସ୍ଥା ପ୍ରଣୟନ କରିଥିଲେ। ଓଡ଼ିଶା ସରକାର ୧୯୭୩ ମସିହାରେ 'ଓଡ଼ିଶା ଫୁଡ୍ ରେଷ୍ଟ୍ରିକ୍‌ସନ ଅନ୍ ସର୍ଭିସ ଅଫ୍ ମିଲ୍ସ ବାଇ କ୍ୟାଟରିଙ୍ଗ୍ ଏଷ୍ଟାବ୍ଲିଶମେଣ୍ଟ ଅର୍ଡ଼ର' ଗେଜେଟ ବିଜ୍ଞପ୍ତିରେ ପ୍ରକାଶ କରିଥିଲେ। ଏହି ଆଇନଗତ ବ୍ୟବସ୍ଥା ଅନୁଯାୟୀ ରାଜ୍ୟ ସରକାରଙ୍କ ଦ୍ୱାରା କ୍ଷମତାପ୍ରାପ୍ତ କୌଣସି ଅଧିକାରୀ କିମ୍ବା ଇନ୍‌ସପେକ୍ଟର ଓ ତଦୁର୍ଦ୍ଧ୍ୱ ପାହ୍ୟାର କୌଣସି ପୋଲିସ୍ ଅଧିକାରୀ ଦୁଇରୁ ଅଧିକ ବ୍ୟଞ୍ଜନ ପରସା ଯାଉଥିବା ଭୋଜି କ୍ଲବ, ହୋଟେଲ, କ୍ୟାଟରିଙ୍ଗ ସଂସ୍ଥା ଆଦି ଉପରେ ଚଢ଼ାଉ କରି ରନ୍ଧା ହୋଇଥିବା ସାମଗ୍ରୀ ଓ ରନ୍ଧନପାତ୍ର ଆଦିକୁ ଜବତ କରିବା ସହିତ ବ୍ୟବସ୍ଥାର ଉଲ୍ଲଙ୍ଘନ କରିଥିବା ବ୍ୟକ୍ତିଙ୍କୁ ଜେରା କରିପାରିବେ। କ୍ରିମିନାଲ ପ୍ରୋସିଡିଓର କୋଡ଼ରେ ଥିବା ବିଭିନ୍ନ ଧାରା ଅନୁଯାୟୀ ଖିଲାଫକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ହୋଇପାରେ ବୋଲି ଆଇନଗତ ବ୍ୟବସ୍ଥା ଅଛି। କେବଳ ଖାଦ୍ୟ ଯୋଗାଣକାରୀ ସଂସ୍ଥା ନୁହନ୍ତି, କୌଣସି ବ୍ୟକ୍ତି ଦୁଇରୁ ଅଧିକ ତରକାରୀ ଖାଇବାକୁ ନେଇପାରିବେ ନାହିଁ। ପ୍ରମୁଖ ଖାଦ୍ୟ ହିସାବରେ ଭାତ, ଡାଲି, ଚପାତି, ପରଟା, ପୁରି, ଲୁଚି ଆଦି ସହିତ ମାଛ, ମାଂସ କିମ୍ବା ପରିବାରେ ପ୍ରସ୍ତୁତ ଗୋଟିଏ ତରକାରୀ ଏବଂ ତାହାର ସହଯୋଗୀ ଭାବେ ପରିବା, ଅଣ୍ଡା, ମିଠା ଆଦିରେ ତିଆରି ଆଉ ଗୋଟିକୁ ବ୍ୟବହାର କରିପାରିବେ । ତେବେ ଏହି ତରକାରୀ ବ୍ୟତିତ ସୁପ୍, ବିସ୍କୁଟ, ଜାମ୍, ଜୁସ୍, ଭଜା, ପାମ୍ପଡ଼, ଚଟଣୀ, ଖଟା, ରାଇତା, ପିଆଜ, ଘିଅ, ଲହୁଣି, ଦହି, ଛେନା, ଦୁଗ୍ଧ, କଷ୍ଟାଡ଼ ଆଦି ସେବନ କରାଯାଇପାରିବ। ଖାଦ୍ୟ କଟକଣା ପାଇଁ ଆଇନରେ ଏହି ବ୍ୟବସ୍ଥା ଥିବାବେଳେ ଏବେ ସମ୍ଭ୍ରାନ୍ତ ଲୋକମାନଙ୍କର ବାହାଘର ଭୋଜିରେ ଆଠ ଦଶପ୍ରକାରର ଆମିଷ ଓ ଅନେକ କିସମର ନିରାମିଷ ବ୍ୟଞ୍ଜନ ପରସା ଯାଉଛି। ଯେଉଁମାନେ ଏହାକୁ ଜଗିବା କଥା ସେମାନେ ଭୋଜିଭାତ ଖାଇବା ସଙ୍ଗେ ସଙ୍ଗେ ସେଠାରେ ଆପ୍ୟାୟିତ ହେଉଥିବା ବିଶିଷ୍ଟ ଅତିଥିମାନଙ୍କ ନିରାପତ୍ତା କଥା ଦେଖୁଛନ୍ତି। ବିଦେଶରୁ ଆସୁଥିବା କୂଟନୈତିକ ଅତିଥିମାନଙ୍କୁ ଆପ୍ୟାୟିତ କରିବା ଲାଗି ଆୟୋଜିତ ନୈଶ୍ୟଭୋଜି ପାଇଁ ଏହି ଆଇନଗତ କଟକଣା ଲାଗୁନାହିଁ। ଓଡ଼ିଶା ସରକାର ସହରକୁ ଆସୁଥିବା ଦୂରଦୂରାନ୍ତର ସାଧାରଣ ଲୋକଙ୍କ ପାଇଁ ପାଞ୍ଚ ଟଙ୍କିଆ ଆହାର ଯୋଜନା ପ୍ରଣୟନ କରିଥିଲେ ବି ଏଥିରେ କିନ୍ତୁ ଅବ୍ୟବସ୍ଥା ଦେଖାଯାଉଛି। ଓଡ଼ିଶା ପରି ଅଭାବୀ ଓ ଗରିବ ରାଜ୍ୟରେ ଦିନରେ ଥରେ ମାତ୍ର ଖାଇବାକୁ ସକ୍ଷମ ନଥିବା ଅନେକ ଲୋକ ରହିଥିବାବେଳେ ସରକାରଙ୍କ ପ୍ରଣୀତ ବ୍ୟବସ୍ଥିତ ତରକାରୀ ଆଇନ ଅଳିଆଗଦାରେ ପଡ଼ିଛି। ଇଆଡ଼େ ଭୋଜି ପରଦିନ କୁଢ଼ କୁଢ଼ ବଳିଯାଇଥିବା ବା ଅତିଥିମାନେ ଛାଡ଼ିଥିବା ଅଇଁଠା ଖାଦ୍ୟ ଆବର୍ଜନା ପରିବେଶ ସୃଷ୍ଟି ମଧ କରୁଛି। ପରିବେଶ ପ୍ରଦୂଷଣ ହେଉଥିଲେ ବି ସମସ୍ତେ କିନ୍ତୁ ବେଫିକର। କଥା ହେଉଛି ତଥାକଥିତ ବଡ଼ବଡ଼ିଆମାନେ ନିଜର ଆତ୍ମସମୀକ୍ଷା ନକଲେ ଇଏ ଏକ ପ୍ରହସନ ହୋଇ ଯାହା ରହିବ।

# 'ମର୍ତ୍ତ୍ୟ ମଣ୍ଡଳେ ଦେହ ବହି...'

ଏହି ଅନିତ୍ୟ ସଂସାରରେ ଜନ୍ମ ନେଲେ ଯିବାକୁ ହିଁ ହୁଏ ଦିନେ। ବାସ୍ତବରେ ଯିବାଟା ହିଁ ସତ୍ୟ। ଯାହା ପ୍ରମାଣ କରେ ପୁଣିଥରେ ଆସିବାକୁ। ମାତ୍ର ଯେଉଁମାନେ ପରମପୁରୁଷ ଭଗବତ କୃପାଭିକ୍ଷୁ ଓ ସେବକ ସେମାନେ ଆପଣାର ସ୍ମୃତିର ପଦଚିହ୍ନ ଛାଡ଼ି ଯାଇଥାନ୍ତି ପରବର୍ତ୍ତୀ ସମୟର ଜନମାନସ ପାଇଁ। ସତ୍ୟ, ନ୍ୟାୟ ଓ ତ୍ୟାଗର କ୍ଷୁରଧାରକୁ ଅହର୍ନିଶ ପରୀକ୍ଷା କରୁଥିବା, ଜୀବନ ଯନ୍ତ୍ରଣାରେ ବେଦନାବିଦ୍ଧ ହୋଇ ପରପାଇଁ ସୁଖର ହସ ବାଣ୍ଟୁଥିବା ଜଣେ ସେହିପରି ଅବିସ୍ମରଣୀୟ ବ୍ୟକ୍ତିତ୍ୱ ଥିଲେ ଏହି ପରୋପକାରୀ ଆଧ୍ୟାତ୍ମିକ ସମାଜ ସେବିକା ସ୍ୱର୍ଗତାଃ ରୁକ୍ମଣୀ ଦେବୀ। ତାଙ୍କ ଜୀବନଟା ଥିଲା ଆମ ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ। ଏକ ବଡ଼ ଯୌଥ ପରିବାରରେ ଜନ୍ମ ହୋଇ ଦାୟିତ୍ୱ ନିର୍ବାହ କରି ଗରିବ, ଅନାଥ, ଅସହାୟ ଝିଅ ଓ ମହିଳା ମାନଙ୍କ ପାଇଁ ତାଙ୍କ ଜୀବନର ଶେଷ ନିଶ୍ୱତ୍ତି ହିଁ କାନ୍ଦୁଥିଲା। ସେ ଥିଲେ ମୋ ଆଧ୍ୟାତ୍ମିକ ସମାଜ ସେବାର ଉତ୍ସ ରୁକ୍ମଣୀ ମାଆ। ପିଲାବେଳର ସ୍ମୃତି ମନେପଡ଼ିଗଲା ବେଳେ ଭାବେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ତତ୍ତ୍ୱଜ୍ଞାନ ଯାହା ଥିଲା ସବୁବେଳେ ପ୍ରେରଣା, ସମାଜ ସେବା ହିଁ ବଡ଼ ଉତ୍ସ। ନିଜ ଜୀବନରେ ସେ କେବେ ନିଜର ସମାଜ ସେବାକୁ ପ୍ରଚାର ପ୍ରସାର ଚାହୁଁ ନଥିଲେ ଏବଂ ସଂଯୋଗ ବଶତଃ ମହାପ୍ରଭୁ ଶ୍ରୀଜଗନ୍ନାଥ ହାତଛନ୍ଦି ଥିଲେ ମୋ ଜୀବନ ସାଥି ଉଦୟ କୁମାର ଦାସଙ୍କ ସହିତ। ଯିଏ କି ଆଧ୍ୟାତ୍ମିକ ସମାଜ ସେବା ପାଇଁ ବଡ଼ ପ୍ରେରଣାର ଉତ୍ସ। ଶାସ୍ତ୍ରରେ ନାରୀମାନଙ୍କୁ ସପ୍ତ ସଦ୍‌ଗୁଣର ଅଧିକାରିଣୀ ବୋଲି କୁହାଯାଇଛି। ସତ୍ୟ, ପ୍ରେମ, ଧର୍ମ, ଶାନ୍ତି, ସହନ, ଆନନ୍ଦ ଓ ସ୍ୱାନୁଭୂତି। ସେ ଘରର ସ୍ତ୍ରୀ, ଯେ କି ଘରର ସୁନାମର ଆଧାର। ସେହିପରି ରାଜ୍ୟ ଦେଶ, ଏପରିକି ବିଶ୍ୱର ମର୍ଯ୍ୟାଦା ରକ୍ଷାରେ ନାରୀମାନଙ୍କର ମୁଖ୍ୟ ଭୂମିକା ରହିଛି। ଘର ଭିତରେ ନାରୀକୁ ଗୃହଲକ୍ଷ୍ମୀର ଉଚ୍ଚ ମର୍ଯ୍ୟାଦା ଦିଆଯାଇଛି। ପତି ଅସୁବିଧାର ସମ୍ମୁଖୀନ ହେବା ବେଳେ ପତ୍ନୀ ସଙ୍ଗେ ସଙ୍ଗେ ତାଙ୍କ ଦୁଃଖରେ ଭାଗୀ ହୁଏ ଏବଂ ପତି ତଥା ପରିବାରର କଲ୍ୟାଣ ପାଇଁ ଯେ କୌଣସି କାର୍ଯ୍ୟ କରିବାକୁ ଯେ କୌଣସି ଦୁର୍ଦ୍ଦଶା ଭୋଗିବାକୁ ଏପରିକି ନିଜର ଜୀବନ ତ୍ୟାଗ କରିବାକୁ ପ୍ରସ୍ତୁତ ଥାଏ। ଘରଣୀ ହିଁ ଘରର ସୁନାମ ପଛରେ ଥାଏ। ନାରୀ ତ୍ୟାଗସ୍ୱରୂପିଣୀ ଅଟେ। ପୁରୁଷ ତ୍ୟାଗ କରୁଥିଲେ ବି ସେଥିରେ ସ୍ୱାର୍ଥଭାବନା ଥାଏ, କିନ୍ତୁ ନାରୀର ତ୍ୟାଗ ପୁରାପୁରି ନିଃସ୍ୱାର୍ଥପର। ସେଥିପାଇଁ ଆମେ ଆମର ନାରୀମାନଙ୍କ ପାଇଁ ଗର୍ବ କରିବା ଉଚିତ।

ବ୍ରହ୍ମବୈବର୍ତ୍ତ ପୁରାଣରେ ବର୍ଣ୍ଣିତ ଅଛି– 'ଜଗତ ମାତା ଚ ପ୍ରକୃତିଃ ପୁରୁଷଶ୍ଚ ଜଗତ ପିତା। ଗରିୟସୀ ଜଗତାଂ ମାତା, ମାତା ଶତଗୁଣଂ ପିତା।।' ଅର୍ଥାତ୍ ଜଗତର ଜନ୍ମଦାତ୍ରୀ ହେଉଛନ୍ତି ମାତା। ଜଗତର ପାଳନ ବା ରକ୍ଷାକର୍ତ୍ତା ହେଉଛନ୍ତି ପୁରୁଷ। ସୁତରାଂ ଜନ୍ମଦାତ୍ରୀ ବା ଜଗତର ମାତା, ପିତାଙ୍କ ଠାରୁ ଶହେଗୁଣ ଅଧିକ ଶ୍ରେଷ୍ଠ। ନାରୀଙ୍କ ସ୍ଥାନ ସର୍ବଦା ଆଗରେ। ନାରୀକୁ ପ୍ରଥମ ସ୍ଥାନ ଦିଆଯାଇଛି। ଆଦି ମହୀୟସୀ ମହିଳାମାନେ ନିଜ ନିଜ କ୍ଷେତ୍ରରେ ସେମାନଙ୍କର କାର୍ଯ୍ୟଦକ୍ଷତା ଓ ଅଦମ୍ୟ ଶକ୍ତିର ପରାକାଷ୍ଠା ପ୍ରତିପାଦନ କରି କାଳଜୟୀ ହୋଇପାରିଛନ୍ତି। ନାରୀ ପୁରୁଷଙ୍କଠାରୁ କୌଣସି ଗୁଣରେ କମ ନୁହଁନ୍ତି। ନାରୀ ବିନା ଏ ସୃଷ୍ଟି ସମ୍ଭବ ନୁହେଁ। ନାରୀ ବିନା ସଂସାର କଳ୍ପନା ବୃଥା। ନାରୀ ବିନା ପୁରୁଷ ସମ୍ପୂର୍ଣ୍ଣ ହୋଇପାରେନା। ନର, ନାରୀ ଏକ ରଥର ଦୁଇ ଚକ। ଏକ ଶରୀରର ଦୁଇପାଦ। ଏକ ମୁଖର ଦୁଇ ନେତ୍ର। ଜଣକ ବିନା ଅନ୍ୟଟି ଅସମ୍ପୂର୍ଣ୍ଣ। ତେଣୁ ନାରୀକୁ ପୁରୁଷର ଅର୍ଦ୍ଧାଙ୍ଗିନୀ କୁହାଯାଏ। ଭାରତୀୟ ସଂସ୍କୃତି ଓ ଧର୍ମରେ ନାରୀକୁ ଆବହମନ କାଳରୁ ପୁରୁଷର ଏକ ଓ ଅବିଚ୍ଛିନ୍ନ ଅଙ୍ଗରୂପେ ସ୍ୱୀକାର କରାଯାଇଛି। ପତ୍ନୀ ବିନା ପତିର କୌଣସି ଧର୍ମକାର୍ଯ୍ୟ, ଯଜ୍ଞାଦି କର୍ମ ସଫଳ ହୁଏନା। ତେଣୁ ତୈତ୍ତିରୀୟ ପୁରାଣରେ ବର୍ଣ୍ଣିତ ଅଛି – 'ଅଯଜ୍ଞୋ ବା ଏଷ ଯୋ ପତ୍ନୀକଃ।। ଅର୍ଥାତ୍ ଯିଏ ଅପତ୍ନୀକ, ତାର ଯଜ୍ଞପୂର୍ଣ୍ଣ ହୁଏନା। ପତ୍ନୀ ବିନା ଯଜ୍ଞ ଅସମ୍ଭବ ବା ଅପୂର୍ଣ୍ଣ ରହେ। ନାରୀ ସର୍ବଦା କଲ୍ୟାଣକାରୀ। ସେ ପୂଜ୍ୟା। ଗୃହର ଦୀପ୍ତି। ନାରୀ ଧର୍ମକାର୍ଯ୍ୟର ସହାୟିକା ଅଟନ୍ତି। କୁହାଯାଏ – ଦାରାଧିନ ସ୍ତଥା ସ୍ୱର୍ଗଃ... ଅର୍ଥାତ୍ ସ୍ୱର୍ଗ ସ୍ତ୍ରୀର ଅଧିନ ଅଟେ। ମନୁ ସଂହିତାରେ ବର୍ଣ୍ଣିତ ଅଛି – 'ଯତ୍ର ନାର୍ଯ୍ୟବସ୍ତୁ ପୂଜ୍ୟନ୍ତେ ରମନ୍ତେ ତତ୍ର ଦେବତାଃ, ଯତ୍ରୈତାସ୍ତୁ ନ ପୂଜ୍ୟନ୍ତେ ସର୍ବାସ୍ତତ୍ରା ଫଳାଃ କ୍ରିୟାଃ।।' ଯେଉଁ ଗୃହରେ ନାରୀକୁ ସମ୍ମାନ ଦିଆଯାଏ, ସେଠାରେ ଦେବ ବାସ କରନ୍ତି। ଯେଉଁଠାରେ ତା'ର ତିରସ୍କାର ହୁଏ, ସେଠାରେ ସମସ୍ତ କାର୍ଯ୍ୟ ନିଷ୍ଫଳ ହୁଏ। ଜୀବନକାଳ ଭିତରେ ସବୁବେଳେ ସମାଜ ସେବା ଓ ଆଧ୍ୟାତ୍ମିକତା ଭିତରେ ଜୀବନ ନିର୍ବାହ କରିଥିବା ଏପରି କ୍ୱଚିତ ମହିଳାଙ୍କ ଜୀବନ ଆମ ପାଇଁ ପ୍ରେରଣାର ଉତ୍ସ।

ନାରୀମାନଙ୍କୁ ଅଷ୍ଟୈଶ୍ୱର୍ଯ୍ୟ ସ୍ୱରୂପିଣୀ ବୋଲି କୁହାଯାଇଛି। ସେଥିପାଇଁ ଆମ ସଂସ୍କୃତିରେ ପିତା, ଗୁରୁ ଓ ଭଗବାନଙ୍କ ଅପେକ୍ଷା ମାତାଙ୍କୁ ସର୍ବୋଚ୍ଚ ସ୍ଥାନ ଦିଆଯାଉଛି। ଯଥାର୍ଥରେ କୁହାଯାଇଛି 'ଯତ୍ର ନାର୍ଯ୍ୟାସ୍ତୁ ପୂଜ୍ୟନ୍ତେ ତତ୍ର ରମନ୍ତେ ସର୍ବ ଦେବତା'। ତେଣୁ ଉପନିଷଦରେ ବର୍ଣ୍ଣନା ଅଛି – ନାରୀମାନେ ଲକ୍ଷ୍ମୀ ସ୍ୱରୂପିଣୀ ହୋଇଥିବା ଯୋଗୁଁ ସେମାନଙ୍କୁ ସମ୍ମାନିତା କରାଯିବା ବେଳେ ହିଁ ପୃଥିବୀ ସମୃଦ୍ଧିଲାଭ କରିପାରିବ। ତୁମେ ଏହା ନିଜେ ଦେଖିପାରିବ ଯେଉଁଠାରେ ସଚ୍ଚରିତ୍ରା ନାରୀମାନେ ଥାଆନ୍ତି ସେଠାରେ ତୁମେ ସମସ୍ତ ସମୃଦ୍ଧି ପାଇପାରିବ। ତୁମେ ସମସ୍ତେ ଜାଣିଛ ଯେ ବିଶ୍ୱଯୁଦ୍ଧ ସମୟରେ ଅନେକ ଦେଶ କ୍ଷତିଗ୍ରସ୍ତ ହେଲେ। ଭାରତ ଯଦି ଅକ୍ଷୁର୍ଣ୍ଣ ରହିପାରିଲା, ତାହାର କାରଣ ହେଉଛି କେବଳ ସଚ୍ଚରିତ୍ରା ନାରୀମାନଙ୍କ ଉପସ୍ଥିତି। ଭାରତ ନିଜର ମହାନତା ଓ ଗାରିମା ପାଇଁ ନାରୀମାନଙ୍କ ନିକଟରେ ସମ୍ପୂର୍ଣ୍ଣ ଋଣୀ। ତେଣୁ ନାରୀ ମାନଙ୍କୁ ସମ୍ମାନ କର ଏବଂ ସେମାନଙ୍କୁ ସୁଖୀ କର। ଅତୀତ ହେଉ, ବର୍ତ୍ତମାନ ହେଉ ବା ଭବିଷ୍ୟତ ହେଉ ସର୍ବକାଳରେ ନାରୀ ହିଁ ପ୍ରଗତିର ମେରୁଦଣ୍ଡ, ଦେଶ ଓ ଜାତିର ହୃତ୍‌ପିଣ୍ଡ ଓ ପ୍ରାଣବାୟୁ ସଦୃଶ। ଭାରତର ମହାନ ସଂସ୍କୃତିର ସୁରକ୍ଷା କ୍ଷେତ୍ରରେ ନାରୀ ମାନଙ୍କର ଦାନ ଅତୁଳନୀୟ। ବୈଦିକ ଯୁଗରୁ ବର୍ତ୍ତମାନ ପର୍ଯ୍ୟନ୍ତ ନାରୀମାନେ ହିଁ ଭାରତୀୟ ସଂସ୍କୃତିର ସଂରକ୍ଷକ ଓ କର୍ଣ୍ଣଧାର ହୋଇ ଆସିଛନ୍ତି। ଆମ ଜନ୍ମଭୂମି ଭାରତରେ ଅମୃତୋପମ ଭାବ ହେଉଛି ନିଜର ମାତାଙ୍କ ପ୍ରତି ପ୍ରେମ। ଉତ୍ତମ ଚରିତ୍ର ହିଁ ପ୍ରକୃତ ସୌନ୍ଦର୍ଯ୍ୟ, ନୈତିକତା ନାରୀର ପ୍ରାଣବାୟୁ, ଲଜ୍ୟା ତା'ର ଜୀବନୀ ଶକ୍ତି ଓ କଠୋର ସତ୍ୟାନୁସରଣ ହିଁ ତା'ର ପ୍ରତିଦିନର କର୍ତ୍ତବ୍ୟ।

# ରେମୁଣା ସମ୍ବାଦ ସାହିତ୍ୟ ଘର ପକ୍ଷରୁ ସ୍ୱାଭିମାନ ଦିବସ



ବାଲେଶ୍ୱର (ପିଏନ୍)- ରେମୁଣା ସମ୍ବାଦ ସାହିତ୍ୟ ଘର ଆନୁକୂଲ୍ୟରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୟନ୍ତୀରେ ସ୍ୱାଭିମାନ ଦିବସ ସତ୍ୟବତୀ ନଗର ସମ୍ବାଦ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସାହିତ୍ୟ ଘର ସଭାପତି ଡ. ଭାଗବତ ପ୍ରସାଦ ଦାସଙ୍କ ପୌରହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି କ୍ଷୀରଚରା ଗୋପୀନାଥ ମନ୍ଦିର ନିର୍ବାହି ଅଧିକାରୀ ସରୋଜ କୁମାର ବେହେରା, ମୁଖ୍ୟ ବକ୍ତା ବାଲେଶ୍ୱର ଓକିଲ ସଂଘର ସଭାପତି ମନୋଜ କୁମାର ନାୟକ, ସମ୍ମାନିତ ଅତିଥି ଅବସର ପ୍ରାପ୍ତ ଅଧ୍ୟକ୍ଷ ଡ. ଶ୍ୟାମସୁନ୍ଦର ପଣ୍ଡା, ଆଇନ ଜିବୀ ମାୟାଧର ମାହାର୍ଣ୍ଣା, ସାହିତ୍ୟିକ ବିଧାନ ଚନ୍ଦ୍ର ରାୟ, ଶିକ୍ଷାବିତ୍ ବିଷ୍ଣୁପଦ ପଣ୍ଡା, ସଂଗୀତ ଗୁରୁ ଗଙ୍ଗାଧର ସେଠୀ, ଡ. ସତ୍ୟରଞ୍ଜନ ଦାସ, କବି ନିରଞ୍ଜନ ସାହୁ, ଶିକ୍ଷାବିତ୍ ବୃନ୍ଦାବନ ବେହେରା, ଦିନବନ୍ଧୁ ଦାସ, କବି ଗଙ୍ଗାଧର ଦାସ ପ୍ରମୁଖ ଯୋଗ ଦେଇ କୁଳବୃଦ୍ଧ ଜାତିପ୍ରାଣ ମଧୁବାବୁଙ୍କ ତ୍ୟାଗପୁତ ଜୀବନର ମହନୀୟ ଗୁଣାବଳୀ ଆଲୋଚନା କରି ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। ସଂଯୋଜକ ସାମ୍ବାଦିକ ଗୋବିନ୍ଦ ଚନ୍ଦ୍ର ପାଢ଼ୀ ସ୍ୱାଭିମାନ ଦିବସର ଆଭିମୁଖ୍ୟ ଓ ଆମ ଓଡ଼ିଶା ସମ୍ବାଦ ସାହିତ୍ୟ ଘରର କାର୍ଯ୍ୟଧାରା ସଂପର୍କରେ ଆଲୋକପାତ କରି ସମସ୍ତଙ୍କୁ ସ୍ୱାଗତ ଜଣାଇଥିଲେ। କବୟିତ୍ରୀ ସତ୍ୟଭାମା ମୁଦଲି ମଧୁବାବୁଙ୍କ ଆବାହନୀ ଓ ଉଦ୍‌ଯାପନୀ ସଂଗୀତ ଗାନ କରିଥିଲେ। ଦ୍ୱିତିୟ ଅଧିବେଶନରେ କବି ରବୀନ୍ଦ୍ର କୁମାର ବିଶ୍ୱାଳ, କବି ମଧୁସୂଦନ ପାଢ଼ୀ ଓ କୁମାରୀ ଇପ୍‌ସିତା ସ୍ୱାଇଁ ସଂଯୋଜନାରେ ମଧୁସୂଦନଙ୍କ ଜୀବନୀ ଆଧାରିତ ଓ ସ୍ୱାଭିମାନ ସଂପର୍କିତ ଏକ ମନୋଜ୍ଞ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ୟଙ୍ଗ କବି ପ୍ରଭାକର ସାହୁ, ଯୋଗେଶ ଚନ୍ଦ୍ର ବେହେରା, ଗର୍ଗପଦ ପଣ୍ଡା, ହରେକୃଷ୍ଣ ଗିରି, ସୀତାନାଥ ଦାସ, ମିନତୀ ପାତ୍ର, ଡ. ରତ୍ନାକର ସିଂହ, ନିରଞ୍ଜନ ବେହେରା, ପ୍ରଦୀପ କୁମାର ଉପାଧ୍ୟାୟ, ଷ୍ଟାଲିନ ମିଶ୍ର, ଦିବେନ୍ଦୁ ମଲ୍ଲିକ୍, କଞ୍ଚମଣି ସ୍ୱାଇଁ, ବାବୁଲି ନାୟକ, ସଇଦନ ବିବି, ଦୁଶମନ୍ତ ଦାସ, କବି ଚକ୍ରଧର ଦାସ, ସତ୍ୟ ନାରାୟଣ ପାକଳ, ନିରଞ୍ଜନ ମାହାର୍ଣ୍ଣା, ଜିତେନ୍ଦ୍ର କୁମାର ଘୋଷାଲ, ସଂଜୟ କୁମାର ପ୍ରଧାନ, ଯତିନ୍ଦ୍ରନାଥ ଜେନା, ରଶ୍ମିବାଳା ଦାସ, ଚକ୍ରଧର ଦାସ, ରାଧାରଞ୍ଜନ ଦାସ, ଇଶ୍ୱର ଚନ୍ଦ୍ର ବେହେରା, ବ୍ୟଙ୍ଗ କବି ପଦ୍ମଲୋଚନ ପ୍ରଧାନ, କାଳୀଚରଣ ବିନ୍ଧାଣୀ ପ୍ରମୁଖ ସ୍ୱରିତ କବିତା ପାଠ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଇଂ ମାନସ କୁମାର ପାଢ଼ୀ, ବାବୁଲା ନାୟକ, କମଳା ନାୟକ ଙ୍କ ସମେତ ସାହିତ୍ୟ ଘରର ସଦସ୍ୟ ଓ ସଦସ୍ୟା ମାନେ ସହାୟତା କରିଥିଲେ। ଶେଷରେ କୋଷାଧ୍ୟକ୍ଷ ରମେଶ ଚନ୍ଦ୍ର ମହାରଣା ଧନ୍ୟବାଦ ଦେଇଥିଲେ।

# ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଅନୁଷ୍ଠିତ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାପାଳ ଅମ୍ରିତ ଋତୁରାଜଙ୍କ ପୌରୋହିତ୍ୟରେ ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲା ଖାଉଟି ସୁରକ୍ଷା ପରିଷଦର ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ପିତାମ୍ବର ସାମଲ, ଉପଜିଲ୍ଲାପାଳ ନିରଞ୍ଜନ ବେହେରା, ଖାଉଟି ସୁରକ୍ଷା ପରିଷଦର ସଭାପତି, କେନ୍ଦ୍ରାପଡା ବିଧାୟକଙ୍କ ପ୍ରତିନିଧି, ପାଟକୁରା ବିଧାୟିକାଙ୍କ ପ୍ରତିନିଧି, ରାଜନଗର ବିଧାୟକଙ୍କ ପ୍ରତିନିଧି, କେନ୍ଦ୍ରାପଡା, ମହାକାଳପଡା, ଗରଦପୁର ବ୍ଲକ ଅଧ୍ୟକ୍ଷ, କେନ୍ଦ୍ରାପଡା ପୌରପରିଷଦର ଅଧ୍ୟକ୍ଷା, ମାପଯନ୍ତ୍ର ଓ ବଜାର ନିୟନ୍ତ୍ରଣର ଜିଲ୍ଲା ଓ ରାଜ୍ୟ ସ୍ତରୀୟ ଅଧିକାରୀ ଓ ଉପଭୋକ୍ତାମାନେ ଉପସ୍ଥିତ ରହି ଉକ୍ତ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପ୍ରାରମ୍ଭରେ ବୈଠକର ଆବାହକ ତଥା ଅତିରିକ୍ତ ଜିଲ୍ଲାପାଳ ଉପସ୍ଥିତ ସଦସ୍ୟଙ୍କୁ ସ୍ୱାଗତ ଜଣାଇବା ସହ ଖାଉଟି ସୁରକ୍ଷା ସମ୍ପର୍କରେ ବିଶେଷ ବିବରଣୀ ପ୍ରଦାନ କରିଥିଲେ। ଏଥିରେ ଖାଉଟି ସୁରକ୍ଷା ସଭାପତି ପ୍ରବୋଧ କୁମାର ଦାଶ କିପରି ଖାଉଟିଙ୍କ ସୁରକ୍ଷା ନିମନ୍ତେ ଜିଲ୍ଲା, ରାଜ୍ୟ ଓ କେନ୍ଦ୍ର ସ୍ତରରେ କମିଶନମାନ ଗଠନ କରାଯାଇଛି ଏବଂ ଜଣେ ସାଧାରଣ ଖାଉଟି ଏହାର ସଦୁପଯୋଗ କରି ନିଜର ହକ ପ୍ରାପ୍ତ କରିପାରିବ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଏଥିସହ ସେ ଜଣେ ବୋଲେରୋ ହିତାଧିକାରୀ କିପରି ତାଙ୍କ ଗାଡିର ଚେଚିସ ଖରାପ ହୋଇଯିବାରୁ ସେ ମହିନ୍ଦ୍ରା କମ୍ପାନୀ ଠାରୁ ତାଙ୍କର କ୍ଷତିପୁରଣ ପାଇପାରିଲେ ଏକ ସୁନ୍ଦର ଉଦାହରଣ ମାଧ୍ୟମରେ ଘଟଣା ସମ୍ପର୍କରେ ବର୍ଣ୍ଣନା କରିଥିଲେ। ଏହା ପରେ ଓଜନ ଓ ମାପଯନ୍ତ୍ରର ଅଧିକାରୀ କିପରି ଭାବରେ ଜଣେ ହିତାଧିକାରୀ ହାତ ମାପ ଯନ୍ତ୍ର ଓ ଯାନ୍ତ୍ରିକ ମାପ ଯନ୍ତ୍ରର ଅନୀୟମୀତତାର ଠକାମିରେ ଶିକାର ନହେବ ସେ ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ।




# ଧର୍ମ ପରିବର୍ତ୍ତନ ନା ହୃଦୟ ପରିବର୍ତ୍ତନ !

ନିକଟରେ ରାଜଧାନୀ ଦିଲ୍ଲୀର ଆମ୍ବେଦକର ଭବନଠାରେ ଦଶ ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କ ସମାଗମ ହୋଇଥିଲା। ସମସ୍ତେ ଏକ ସ୍ୱରରେ କହୁଥିଲେ କୃଷ୍ଣ ଭଗବାନ କିଏ? ରାମଙ୍କୁ ଆମେ କାହିଁକି ମାନିବୁ? ଶିବ ଗଞ୍ଜୋଡ଼ ଇତ୍ୟାଦି। ମନ ଭିତରେ ସେମାନଙ୍କର ଭୀଷଣ କ୍ଷୋଭ ଓ ବିରକ୍ତିକର ଭାବନା ବାରି ହୋଇପଡୁଥିଲା। ଗତ ମାସର ପ୍ରଥମ ସପ୍ତାହରେ ଘଟିଥିବା ଏହି ମତାନ୍ତରଣ ଆମ ସମସ୍ତଙ୍କୁ ଦୀର୍ଘଦିନ ପର୍ଯ୍ୟନ୍ତ ଚିନ୍ତା କରିବାକୁ ବାଧ୍ୟ କରିବ। ଆୟୋଜକମାନେ ଦାବି କରନ୍ତି ଯେ, ଆମ ସମ୍ବିଧାନ ପ୍ରତ୍ୟେକ ବ୍ୟକ୍ତିଙ୍କୁ ନିଜ ଇଚ୍ଛା ଅନୁସାରେ କୌଣସି ଧର୍ମ ଗ୍ରହଣ କରିବା ପାଇଁ ସ୍ୱାଧୀନତା ଦେଇଆସିଛି। ଏହି କାର୍ଯ୍ୟକ୍ରମରେ ଦଶହଜାର (ଦଳିତ) ଜନଜାତିବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କରି ବୌଦ୍ଧଧର୍ମ ଗ୍ରହଣ କଲେ। ବର୍ତ୍ତମାନ ପ୍ରଶ୍ନ ଉଠୁଛି ଏକସଙ୍ଗରେ ଦଶ ହଜାର ବ୍ୟକ୍ତିଙ୍କୁ କିପରି ହିନ୍ଦୁଧର୍ମ ଅସହ୍ୟବୋଧ ହେଲା, ବୌଦ୍ଧମତ ପ୍ରତି ଆସ୍ଥା ଘନୀଭୂତ ହେଲା? କାର୍ଯ୍ୟକ୍ରମଟିରେ ମନ୍ତ୍ରୀ ରାଜେନ୍ଦ୍ର ପାଲ ଗୌତମଙ୍କର ସକ୍ରିୟତା ବିବାଦାସ୍ପଦ ମନେହୁଏ। ସମାରୋହରେ ବାବାସାହେବ ଆମ୍ବେଦକରଙ୍କ ନାତି ରାଜରତ୍ନ ଆମ୍ବେଦକର ଉପସ୍ଥିତ ଥିଲେ। ସେ ଲୋକମାନଙ୍କୁ ହିନ୍ଦୁ ଦେବଦେବୀଙ୍କୁ ନ ମାନିବା, ପୂଜାପାଠ ନ କରିବା ଆଦି ପ୍ରତିଜ୍ଞା କରାଉଥିଲେ। ତାଙ୍କ ବକ୍ତବ୍ୟରେ ଭାରତୀୟ ସମାଜ ବ୍ୟବସ୍ଥା ପ୍ରତି ଆକ୍ରମଣାତ୍ମକ ମନୋଭାବ ଭରିରହିଥିଲା।

ବାବାସାହେବ ବୌଦ୍ଧ ଭିକ୍ଷୁ ନଥିଲେ ବରଂ ଜଣେ ରାଜନୈତିକ ବ୍ୟକ୍ତି ଥିଲେ। ସେ ୧୯୩୫ ମସିହାରେ ହିନ୍ଦୁଧର୍ମ ତ୍ୟାଗ କରିବାକୁ ଘୋଷଣା କରଥିଲେ ମଧ୍ୟ ସ୍ୱାଧୀନତା ପରବର୍ତ୍ତୀ ସମୟରେ ୧୯୫୬ ମସିହାରେ ବୌଦ୍ଧଧର୍ମ ଗ୍ରହଣ କଲେ। ପ୍ରଶ୍ନ ଉଠେ ସେ ଦୀର୍ଘ ୨୦ ବର୍ଷ କାହିଁକି ଅପେକ୍ଷା କଲେ? ତାଙ୍କର ନିଷ୍ପତ୍ତି ଭୁଲ ଥିଲା କି? ବାବାସାହେବ ବୌଦ୍ଧଧର୍ମ ଗ୍ରହଣ କରିବା ପଛର ବଡ଼ କାରଣ ଥିଲା ହିନ୍ଦୁଧର୍ମରେ ଥିବା ପଛୁଆ (ଦଳିତ) ବର୍ଗଙ୍କୁ ସମାନ ଅଧିକାର ଦେବା। ବାବାସାହେବଙ୍କ ଉଦ୍ଦେଶ୍ୟ ମହାନ ଥିଲେ ମଧ୍ୟ ଏହାର କୌଣସି ପ୍ରଭାବ ତତ୍କାଳୀନ ସମାଜରେ ପଡ଼ିପାରି ନଥିଲା। ବାବା ସାହେବଙ୍କ ପରେ ବହୁ ପଛୁଆ ଦଳିତ ବର୍ଗର ବ୍ୟକ୍ତି ବୌଦ୍ଧଧର୍ମ ଗ୍ରହଣ କରିଥିଲେ। ସବର୍ଣ୍ଣ ଅସବର୍ଣ୍ଣ ଭେଦଭାବରେ କୌଣସି ପରିବର୍ତ୍ତନ ଆସି ନଥିଲା। ଦୀର୍ଘ ୭୦ବର୍ଷ ପରେ ଏବେ ଯଦି ହିନ୍ଦୁ ସମାଜକୁ ଦେଖିବା, ତେବେ ଆଜି ଅନେକ କ୍ଷେତ୍ରରେ ଦଳିତଙ୍କର ସାମାଜିକ ଉତ୍ଥାନ ହୋଇଛି। ସେମାନେ ସବର୍ଣ୍ଣଙ୍କ ସହିତ ସମାନ କିମ୍ବା କେତେକ ସ୍ଥାନରେ ସେମାନଙ୍କଠାରୁ ଅଧିକ ଭଲ ସ୍ଥିତିରେ ଅଛନ୍ତି।

ବାସ୍ତବରେ ଏପରି କ'ଣ ଆବଶ୍ୟକ ପଡ଼ିଲା ଅଥଚ ଦଶ ହଜାର ପଛୁଆ ବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କଲେ? ଆୟୋଜକମାନଙ୍କ କାର୍ଯ୍ୟକଳାପକୁ ନେଇ ଅନେକ ସନ୍ଦେହ ସୃଷ୍ଟି ହେଉଛି। ବାବା ସାହେବଙ୍କର ଉଦ୍ଦେଶ୍ୟ ଥିଲା ସମାଜକୁ ଯୋଡ଼ିବା, ପଛୁଆ ବର୍ଗଙ୍କୁ ସମାନ ଅଧିକାର ପ୍ରଦାନ କରବା। କିନ୍ତୁ ସମ୍ପ୍ରତି ଏହି କାର୍ଯ୍ୟକ୍ରମରୁ ଜଣାପଡୁଛି ଏଠାରେ ସମାଜକୁ ଯୋଡ଼ିବା ବଦଳରେ ବିଭାଜନ କରିବାର ଭାବନା ବେଶି। କୌଣସି ବ୍ୟକ୍ତି ଜୈନ, ବୌଦ୍ଧ ଓ ଶିଖ ମତ ଗ୍ରହଣ କଲେ ତାଙ୍କୁ ଧର୍ମ ପରିବର୍ତ୍ତନ ବୋଲି ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ସ୍ୱୀକାର କରେନାହିଁ। ସେମାନଙ୍କ ଉପରେ କୌଣସି ଆପତ୍ତି ଉଠାଏ ନାହିଁ। କାରଣ ବୌଦ୍ଧମତ ହିନ୍ଦୁଧର୍ମର ଏକ ଉପାଙ୍ଗ ରୂପେ ରହିଆସିଛି। ବର୍ତ୍ତମାନ କେନ୍ଦ୍ରରେ ବିଜେପି ସରକାରଙ୍କୁ ଶାସନରୁ ହଟାଇବା ପାଇଁ ହିନ୍ଦୁଧର୍ମରୁ ଜନଜାତି ପଛୁଆବର୍ଗଙ୍କୁ ଅଲଗା କରିବା ତଥା ମୁସଲମାନଙ୍କୁ ଅଗ୍ରାଧିକାର ଦେବା ଭିତ୍ତିରେ କେଜ୍ରିୱାଲ ସରକାର ଯୋଜନା ପ୍ରସ୍ତୁତ କରୁଛି। ଓଡ଼ିଶାର ଧର୍ମାନ୍ତରୀକରଣ ମଧ୍ୟ ଏକ ସ୍ପର୍ଶକାତର ବିଷୟ। ରାଜ୍ୟ ସରକାର ଏ ପ୍ରସଙ୍ଗରେ ଜାଣିଶୁଣି ଯେପରି ଆଖିବୁଜି ଦେଇଛନ୍ତି ତାହା ଆଗାମୀ ଦିନରେ ଓଡ଼ିଶାର ସଂସ୍କୃତି ତଥା ସମାଜ ଉପରେ ପ୍ରତିକୂଳ ପ୍ରଭାବ ପକାଇବ। ମୁଖ୍ୟମନ୍ତ୍ରୀ ନିକଟରେ ୟୁରୋପ ଗସ୍ତରେ ଯାଇ ପୋପ୍‌ଙ୍କୁ ଯେପରି ସାକ୍ଷାତ କଲେ ତାହା ଓଡ଼ିଶାକୁ ୟୁରୋପୀକରଣ କରିବାର ପ୍ରାକ୍ ପ୍ରସ୍ତୁତି ବୋଲି ବୁଝିବାକୁ ହେବ। ସମ୍ପୂର୍ଣ୍ଣ ରାଜନୈତିକ ଉଦ୍ଦେଶ୍ୟ ରଖି ଯେତେବେଳେ କାର୍ଯ୍ୟ କରାଯାଏ ସେତେବେଳେ ଧାର୍ମିକ ଆସ୍ଥା କେବଳ ଏକ ବାହାନା ହୋଇଥାଏ। ଦିଲ୍ଲୀର ଆମ୍ବେଦକର ଭବନରେ ଧର୍ମାନ୍ତରୀକରଣ ସମାରୋହ କରାଇଥିବା ବ୍ୟକ୍ତି ରାଜେନ୍ଦ୍ର ପାଲ 'ବୁଦ୍ଧିଷ୍ଟ ସୋସାଇଟ ଅଫ ଇଣ୍ଡିଆ' ଜୟଭୀମ ମିଶନର ରାଷ୍ଟ୍ରୀୟ ସଂରକ୍ଷକ। ଏହି ଜୟଭୀମ ମିଶନ ଓଡ଼ିଶାର ପୁରପଲ୍ଲୀରେ ଥିବା ଜନଜାତି ଅଞ୍ଚଳରେ ମଧ୍ୟ ତା'ର କାର୍ଯ୍ୟ ଆରମ୍ଭ କରିଦେଇଛି। ଓଡ଼ିଶାବାସୀ ସତର୍କ ରହିବା ଆବଶ୍ୟକ। ଧର୍ମ ପରିବର୍ତ୍ତନ ହୃଦୟ ପରିବର୍ତ୍ତନର ବିଷୟ। ରାଜନୈତିକ ଉଦ୍ଦେଶ୍ୟ ରଖି କାହାର ହୃଦୟକୁ ପରିବର୍ତ୍ତନ କରାଯାଇପାରେ ନାହିଁ। ଦେଶ ଦୁନିଆ ପାଇଁ ଏହା ଚିନ୍ତାର କାରଣ।

# ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ସାଧାରଣ ବୈଠକ ଅନୁଷ୍ଠିତ

ଭୁବନେଶ୍ୱର (ପିଏନ୍): ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ଏକ ସାଧାରଣ ବୈଠକ ଭୁବନେଶ୍ୱରସ୍ଥିତ ସଂଘ କାର୍ଯ୍ୟାଳୟରେ କାର୍ଯ୍ୟକାରୀ ସଭାପତି ଶ୍ରୀଯୁକ୍ତ ଧନଞ୍ଜୟ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ପୂର୍ବରୁ ମହାସଂଘର ଦାବିଗୁଡ଼ିକ ମାନ୍ୟବର ମୁଖ୍ୟମନ୍ତ୍ରୀ, ୫-ଟି ସଚିବ, ମୁଖ୍ୟ ଶାସନ ସଚିବ, ବିଭାଗୀୟ ସଚିବ ଓ ରାଜ୍ୟ ସାଙ୍ଗଠନିକ ସମ୍ପାଦକଙ୍କୁ ପ୍ରଦାନ କରାଯାଇଥିବାର ବିଷୟ ସମ୍ପାଦକ ଶ୍ରୀଯୁକ୍ତ ବାବାଜୀ ଚରଣ ବାରିକ ଉପସ୍ଥିତ ସଭ୍ୟ/ସଭ୍ୟାଙ୍କୁ ସୂଚନା ଦେଇଥିଲେ। ସେତେବେଳର ସରକାରୀ ଦଳର ମୁଖ୍ୟ ସଚେତନ ଶ୍ରୀମତ ପ୍ରମିଳା ମଲ୍ଲିକଙ୍କ ଦ୍ୱାରା ଆଗତ ପ୍ରସ୍ତାବ ବିଧାନସଭାରେ ଗୃହୀତ ହୋଇଥିଲା। ବର୍ତ୍ତମାନ ବିଧାନସଭାର ଶିକ୍ଷା ଷ୍ଟାଣ୍ଡିଂ କମିଟି ଅଧ୍ୟକ୍ଷ ଶ୍ରୀଯୁକ୍ତ ଭୂପିନ୍ଦର ସିଂହ ମଧ୍ୟ ଗୃହରେ ଆଲୋଚନା କରି ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ତେଣୁ ସରକାରଙ୍କ ଉଦ୍ଦେଶ୍ୟରେ କୌଣସି ବିରୋଧାତ୍ମକ କାର୍ଯ୍ୟ ନ କରି ପୂର୍ଣ୍ଣ ଭରସା ରଖି ତୁରନ୍ତ ବୟସ ଅତିକ୍ରାନ୍ତ ହୋଇଥିବା ସମସ୍ତ ପୁରୁଣା ସି.ଟି./ବି.ଏଡ୍. ଭାଇଭଉଣୀମାନଙ୍କୁ ସ୍ୱତନ୍ତ୍ର ପ୍ୟାକେଜ୍‌ରେ ନିଯୁକ୍ତି କରାଯିବାକୁ ସଂଘ ତରଫରୁ ସରକାରଙ୍କ ନିକଟରେ ଦାବି ରଖାଗଲା। ସମସ୍ତ ଅଧିକାରୀଙ୍କ ନିକଟକୁ ସଂଘର ଦାବିପତ୍ରକୁ ତୁରନ୍ତ ପହ ାଇବାକୁ ସମ୍ପାଦକଙ୍କୁ ଦାୟିତ୍ୱ ପ୍ରଦାନ କରାଗଲା। ଉକ୍ତ ବୈଠକରେ ସଂଘର ଉପ-ସଭାପତି ମୀନକେତନ ମିଶ୍ର, ସହ-ସମ୍ପାଦକ ବିନୟ କୁମାର ମହାପାତ୍ର, କୋଷାଧ୍ୟକ୍ଷ ମନଜା ମଞ୍ଜରୀ ସାହୁ, କଲ୍ୟାଣୀ ସାହୁ, ସୁକାନ୍ତି ନନ୍ଦ, ଗଙ୍ଗାଧର ସାହୁ, ପ୍ରଦୀପ୍ତ କୁମାର ସାହୁ, ପ୍ରଶାନ୍ତ କୁମାର ରାଉତ, ବଂଶୀଧର ପାଣି, ଦର୍ଶନ କୁମାର ବିନ୍ଧାଣି, ନାରାୟଣ ଚନ୍ଦ୍ର ବାରିକ, ବିଷ୍ଣୁଚରଣ ଦାଶ, ବିଜୟ ନାୟକ, ସୁଦାମ ଚରଣ ଦାସ, ଜ୍ଞାନରଞ୍ଜନ ପଣ୍ଡା, ଚିତ୍ତରଞ୍ଜନ ବଳିଆରସିଂହ, ବ୍ରହ୍ମାନନ୍ଦ ପଣ୍ଡା, ପ୍ରଫୁଲ୍ଲ ମହାପାତ୍ର, ଗୋବିନ୍ଦ ଚନ୍ଦ୍ର ବେହେରା, ଗଗନ ଚନ୍ଦ୍ର ମିଶ୍ର, ଦିବାକର ପ୍ରଧାନ, ବିଦ୍ୟାଧର ସାହୁ, ଓ ଜଗନ୍ନାଥ ସାହୁ ପ୍ରମୁଖ ସଭ୍ୟସଭ୍ୟାମାନେ ଉପସ୍ଥିତ ଥିଲେ।

# ଫକୀରମୋହନ ବିଶ୍ୱବିଦ୍ୟାଳୟ ପରିସରରେ ଆନ୍ତର୍ଜାତିକ ଉନୁରୁମ ଉତ୍ସବ ଉଦ୍‌ଯାପିତ



ବାଲେଶ୍ୱର (ପିଏନ୍)-ବାଲେଶ୍ୱର ଫକୀରମୋହନ ବିଶ୍ୱବିଦ୍ୟାଳୟ ଭାଷା ଓ ସାହିତ୍ୟ ବିଭାଗ ପରିସରରେ କଳା, ସାହିତ୍ୟ ଓ ସଂସ୍କୃତିର ମହାର୍ଘ୍ୟ ପର୍ବ ଉନୁରୁମ ଆନ୍ତର୍ଜାତିକ ଉତ୍ସବ ଫକୀରମୋହନ ବିଶ୍ୱ ବିଦ୍ୟାଳୟ ଓ ୟଙ୍ଗହାର୍ଟ ମିଳିତ ସହଯୋଗରେ ଉଦ୍‌ଯାପିତ ହୋଇଯାଇଛି। ଏହି ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ବିଦ୍ୟାଳୟର କୁଳପତି ସନ୍ତୋଶ କୁମାର ତ୍ରିପାଠୀଙ୍କ ସଭାପତିତ୍ୱରେ ଆନ୍ତର୍ଜାତିକ ସ୍ତରର ଅତିଥି ମାନେ ଯୋଗ ଦେଇଥିବା ବେଳେ ପଦ୍ମଶ୍ରୀ ଇଲିଆନ ସିତାରିଷ୍ଟ, ପ୍ରଫେସର ମୁନେଶ ଚନ୍ଦ୍ର ଅଧିକାରୀ, କୁଙ୍କୁମିନା ଦାସ, ଅଭିନେତା ଅଶ୍ରୁମୋଚନ ମହାନ୍ତି, ଶୈଳେନ୍ଦ୍ର ମହାନ୍ତି ଏବଂ ମୁଖ୍ୟ ଅତିଥି ଭାବେ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଯୋଗଦେଇ ନିଜ ନିଜର ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ପ୍ରକାରର ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା ବେଳେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ଷ୍ଟଲରେ ନିଜସ୍ୱ ହସ୍ତଶିଳ୍ପ ପ୍ରଦର୍ଶନୀ ଓ ବିକ୍ରି ଏବଂ ବିଭିନ୍ନ ପ୍ରକାରର ଓଡ଼ିଆ ଘରର ପରମ୍ପରା ଅନୁସାରେ ଖାଦ୍ୟ, ପ୍ରଦର୍ଶନୀ ଏବଂ ବିକ୍ରି କରାଯାଇଥିଲା। ଶେଷରେ ଆମ ପରମ୍ପରାର ସଭାପତି ଶ୍ରୀଯୁକ୍ତ ବିକର୍ତନ ନାୟକ ଜଗନ୍ନାଥଙ୍କ ଭଜନ ଗାଇ ଧନ୍ୟବାଦ ଅର୍ପଣ କରିଥିଲେ।

# ପ୍ରକୃତି କୋଳରେ ସ୍ନାନର ଅନୁଭବ : ଫରେଷ୍ଟ ବାଥିଂ



ବର୍ତ୍ତମାନର ସମୟକୁ ଦେଖିଲେ ଭିତରେ ଶରୀରର ସୁସ୍ଥତାକୁ ଗୁରୁତ୍ୱ ଯନ୍ତ୍ରଣାସିକ୍ତ ସମୟରେ ସେମାନଙ୍କୁ ବାସ୍ତବରେ ସ୍ୱାସ୍ଥ୍ୟ ହିଁ ସମ୍ପଦ। ପ୍ରକୃତି ସହ ପ୍ରତ୍ୟକ୍ଷ ଓ ପରୋକ୍ଷ ପବନରେ ଗଢ଼ା ଆମ ଏହି ସ୍ଥୂଳ ତତ୍ତ୍ୱରେ ଏହି ତିନୋଟି ଉପାଦାନର ରହିଛି। ବର୍ତ୍ତମାନର ବସ୍ତୁସର୍ବସ୍ୱ ଓ ଜୀବନ ଭିତରେ ସମସ୍ତେ ଅନେକ ଅବସନ୍ନକୁ ଅନୁଭବ କରନ୍ତି। ଅନେକ ବ୍ୟସ୍ତବହୁଳ ଜୀବନ ଦେଇନଥାନ୍ତି କିନ୍ତୁ ପରବର୍ତ୍ତୀ ଏହା ଅନୁଭବୀ କରିଥାଏ ଯେ ଆବହମାନ ସମୟରୁ ଆମ୍ଭେମାନେ ଭାବେ ଜଡ଼ିତ। ମାଟି, ପାଣି ଓ ଶରୀର ଏବଂ ପ୍ରତିଟି ମଣିଷର ଶରୀର ଗୁରୁତ୍ୱପୂର୍ଣ୍ଣ ଓ ଅପରିହାର୍ଯ୍ୟ ଉପଲବ୍ଧି ବୃତ୍ତିଗତ କ୍ଷେତ୍ରକୁ ନେଇ ଧାଁ ଧଉଡ ସମୟରେ କ୍ଳାନ୍ତ ବା ଶରୀରର ସେମାନେ କିଛି ବିଶ୍ରାମ ଚାହିଁଥାନ୍ତି କିନ୍ତୁ ସେମାନଙ୍କ ବିଶ୍ରାମ ପରୋକ୍ଷ ଭାବେ ସେମାନଙ୍କର କାର୍ଯ୍ୟ ବ୍ୟସ୍ତତା ଭିତରେ ବାଧା ପହଞ୍ଚାଇଥାଏ। କିନ୍ତୁ ବାସ୍ତବ କଥା ହେଉଛି ଶରୀର ରଖି ହିଁ ଜୀବନ ଧର୍ମ ସାଧନ କରିବା କଥା ଯାହାକି ଅନେକ ସମୟରେ ଆମେ ଜାଣି ମଧ୍ୟ ଏହାକୁ କାର୍ଯ୍ୟରେ ପରିଣତ କରିନଥାଉ। ସୁସ୍ଥ ରହିବା ପାଇଁ ମଣିଷ ଯୋଗ, ବ୍ୟାୟାମ ଠାରୁ ସୁଷମ ତଥା ସନ୍ତୁଳିତ ଖାଦ୍ୟ ଖାଇବା ଯାଏ କ'ଣ ନକରେ। କିଛି ଲୋକ ଶରୀରକୁ ସତେଜ ରଖିବା ପାଇଁ କେତେବେଳେ ଷ୍ଟିମ ବାଥ, ମଡ଼ ବାଥ ଭଳି ପଦ୍ଧତି ଆପଣେଇଥାଆନ୍ତି। କିନ୍ତୁ ଫରେଷ୍ଟ ବାଥ। ମାନେ ଝରଣାରେ ଗାଧୋଇ ପଡ଼ିଲେ ତାହା ଜଙ୍ଗଲ ସ୍ନାନ ସହିତ ସମାନ ହୋଇଯିବ। କିନ୍ତୁ ଏହି ଧାରଣା ବି ଠିକ ନୁହେଁ। ଜଙ୍ଗଲ ସ୍ନାନ ହେଉଛି ଏକ ନିର୍ଦ୍ଦିଷ୍ଟ ପଦ୍ଧତି। ଜୀବନକୁ ଚାପମୁକ୍ତ, ସ୍ୱାସ୍ଥ୍ୟକର ତଥା ସୁଖଦ କରିବା ପାଇଁ ଜାପାନିମାନେ ପ୍ରଥମେ ଜଙ୍ଗଲ ସ୍ନାନ ପଦ୍ଧତି ଆରମ୍ଭ କରିଥିଲେ। ଏଥିରେ ଅତ୍ୟଧିକ ଓ୍ୱାର୍କଆଉଟ କରିବାକୁ ପଡ଼ିବ ନାହିଁ, ଜିମ୍ ଯିବାକୁ ହେବ ନାହିଁ। ତଥାପି ଜୀବନକୁ ସହଜ ଓ ସୁନ୍ଦର କରାଯାଇପାରିବ। ଜଙ୍ଗଲ ସ୍ନାନ କହିଲେ ଘଞ୍ଚ ଜଙ୍ଗଲର ଗାଢ଼ ସବୁଜିମା ମଧ୍ୟରେ କିଛି ଘଣ୍ଟା ଶାନ୍ତିରେ ଚଲାବୁଲା କରିବା।

ଅନେକ ହୁଏତ ଜାଣିନଥାନ୍ତି ସାରା ବିଶ୍ୱରେ ପ୍ରଥମ ଥର ପାଇଁ ଜାପାନି ବିଶେଷଜ୍ଞମାନେ ଫରେଷ୍ଟ ବାଥିଂ ବା ଜଙ୍ଗଲ ସ୍ନାନର ଧାରଣା ସୃଷ୍ଟି କରିଥିଲେ। ଜାପାନର ସୀମା ଅତିକ୍ରମ କରି ଏବେ ଏହି ପଦ୍ଧତି ଅନ୍ୟାନ୍ୟ ଦେଶକୁ ପ୍ରସରି ଗଲାଣି। ଜଙ୍ଗଲ ସ୍ନାନ ଟ୍ରେକିଂ ବା ହାଇକିଂ ସହିତ ସମାନ ନୁହେଁ। ଜାପାନରେ ଏହି ପଦ୍ଧତିକୁ ଶିନ୍ରିନ ୟୋକୁ କୁହାଯାଏ। ଜାପାନି ବିଶେଷଜ୍ଞମାନଙ୍କ ଅନୁସାରେ ଜଙ୍ଗଲ ମଧ୍ୟର ହାଲୁକା ଚଲାବୁଲା କରିବା ଦ୍ୱାରା ଥକ୍କାପଣ, ଅବସାଦଜନିତ ଦୁର୍ବଳତା ଆଦି ଦୂରେଇଥାଏ। ତେବେ ଜଙ୍ଗଲ ସ୍ନାନ ସମୟରେ ଗପିବା, ମୋବାଇଲ ଦେଖିବା ଆଦିରୁ ବିରତ ରହିବାକୁ ପଡ଼ିବ। ଜଙ୍ଗଲ ଭିତରର ପରିବେଶ ବିଶୁଦ୍ଧ। ସେହି ପରିବେଶରେ କିଛି ସମୟ ଚଲାବୁଲା କଲେ ଶରୀର ମଧ୍ୟକୁ ଶୁଦ୍ଧ ଅମ୍ଳଜାନ ଯାଇଥାଏ। ମନ ଭିତରୁ ନକାରାତ୍ମକ ଭାବନା ଆପେ ଆପେ ଦୂରେଇ ଯାଇଥାଏ। ଜଙ୍ଗଲ ସ୍ନାନକୁ ନେଇ ଏହା ମଧ୍ୟରେ ବେଶ କେତୋଟି ଅଧ୍ୟୟନ ହୋଇସାରିଛି। ପ୍ରାୟ ସବୁ ଅଧ୍ୟୟନରେ ସମାନ ନିର୍ଯ୍ୟାସ ଦେଖିବାକୁ ମିଳିଛି ଯେ ଏହି ପଦ୍ଧତି ଆପଣେଇଥିବା ଲୋକଙ୍କ ମଧ୍ୟରେ ରକ୍ତଚାପ, ହୃଦଘାତ, ମଧୁମେହ, ମାନସିକ ଚାପ ଭଳି ସମସ୍ୟା ଅନେକାଂଶରେ କମିଯାଇଛି। ଉପରୋକ୍ତ ଫରେଷ୍ଟ ବାଥିଂ ନିଶ୍ଚିନ୍ତ ଭାବେ ଶରୀରକୁ ଉପଷମ ଦେବ। ପ୍ରକୃତି କୋଳରେ କିଛି ମୁହୂର୍ତ୍ତ ବିତାଇ ବିଶୁଦ୍ଧ ଅମ୍ଳଜାନ ଶରୀର ଭିତରକୁ ନେବା ସହ ଶାନ୍ତି, ସ୍ନିଗ୍ଧ ଅମୃତମୟ ପରିବେଶ ଆମ୍ଭ ମାନଙ୍କ ସ୍ୱାସ୍ଥ୍ୟ ଜୀବନଚର୍ଯ୍ୟାକୁ ଏକ ଦିବ୍ୟ ଆନନ୍ଦରେ ପରିଣତ କରିପାରିବ। ଏ କ୍ଷେତ୍ରରେ ଆମ୍ଭମାନଙ୍କର ମାନସିକତା ସର୍ବାଦୌ ପ୍ରାଥମିକତା। କାରଣ ଆମେ ଇଚ୍ଛା ନକଲେ ଏ ଆନନ୍ଦ ପାଇ ପାରିବା ନାହିଁ ଯାହାପାଖରେ ଅର୍ଥ, ପ୍ରତିପତ୍ତି, କ୍ଷମତା, ବାହୁବଳ କିଛି ହିଁ ନୁହେଁ। ସ୍ୱାସ୍ଥ୍ୟ ଯେ ଶ୍ରେଷ୍ଠ ସମ୍ପଦ ଏବଂ ନିରୋଳା ଶାନ୍ତ ପରିବେଶ ଭିତରେ ଆମ୍ଭେମାନେ କିପରି ଯେ ଅଶାନ୍ତମୟ ଜୀବନକୁ ଅତିବାହିତ କରୁଛେ ତାର ବଡ଼ ପ୍ରମାଣ ଏହି ଫରେଷ୍ଟ ବାଥିଂ ହିଁ ଦେଇଥାଏ। ଜୀବନରେ କେବେ ସୁଯୋଗ ପାଇଲେ ଏପରି ଦିବ୍ୟ ଆନନ୍ଦକୁ ହାତଛଡ଼ା କରନ୍ତୁନାହିଁ।

# ଜିଲ୍ଲାସ୍ତରୀୟ "ସମ୍ବିଧାନ ଦିବସ" ପାଳନ ଅବସରରେ ମୁଖବନ୍ଧ ପାଠ ଅନୁଷ୍ଠିତ

ବାଲେଶ୍ୱର (ପିଏନ୍)- ସ୍ୱାଧୀନତା ପ୍ରାପ୍ତି ପରେ ୧୯୪୯ ମସିହା ନଭେମ୍ବର ମାସ ୨୬ ତାରିଖରେ ଭାରତବର୍ଷ ନିଜକୁ ଦେଇଥିଲା ଏହାର ସମ୍ବିଧାନ। ଭାରତ ସମ୍ବିଧାନର ପିତା ଡକ୍ଟର ଭୀମରାଓ ଆମ୍ବେଦକରଙ୍କ ନେତୃତ୍ୱରେ ସମ୍ବିଧାନ ପ୍ରଣୟନ ସଭାରେ ଗୃହୀତ ହେବା ପରେ ୧୯୪୯ ମସିହା ନଭେମ୍ବର ୨୬ ତାରିଖରେ ଆମ ସମ୍ବିଧାନ ଅଙ୍ଗୀକୃତ, ଅଧିନିୟମିତ ତଥା ଆତ୍ମାର୍ପିତ ହୋଇଥିଲା। ଏହି ନଭେମ୍ବର ୨୬ ତାରିଖ ଦିନଟିକୁ ଭାରତବର୍ଷର ସମ୍ବିଧାନ ଦିବସ ରୂପେ ପାଳନ କରାଯାଇଆସୁଅଛି। ଆମ ରାଜ୍ୟରେ ଏହା ବିଭିନ୍ନ ସରକାରୀ ତଥା ବେସରକାରୀ ସ୍ତରରେ ଭିନ୍ନ ଭିନ୍ନ ଅନୁଷ୍ଠାନର ଭିନ୍ନ ଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ପାଳନ କରାଯାଉଛି। ଆମ ସମ୍ବିଧାନର ପ୍ରାରମ୍ଭରେ ଏହାର ମୁଖବନ୍ଧ ସ୍ଥାନିତ ହୋଇଅଛି ଯାହାକୁ ସମ୍ବିଧାନର ଆତ୍ମା କୁହାଯାଇଥାଏ। ସମ୍ବିଧାନ ଦିବସ ପାଳନର ଏକ ମୁଖ୍ୟ ଅଂଶ ହେଉଛି ସମସ୍ତ ନାଗରିକଙ୍କ ଦ୍ୱାରା ମୁଖବନ୍ଧ ପାଠ। ବାଲେଶ୍ୱର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଜିଲ୍ଲା କାର୍ଯ୍ୟାଳୟର ବିଭିନ୍ନ ବିଭାଗର ଅଧିକାରୀ ତଥା କର୍ମଚାରୀଙ୍କୁ ନେଇ ଏହି ମୁଖବନ୍ଧ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉପସ୍ଥିତ କର୍ମଚାରୀ ଓ ଅନ୍ୟମାନଙ୍କୁ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ। ଏହି କାର୍ଯ୍ୟକ୍ରମରେ ବାଲେଶ୍ୱର ଅତିରିକ୍ତ ଉପଜିଲ୍ଲାପାଳ ଶ୍ରୀ କିଶୋର ଚନ୍ଦ୍ର ସ୍ୱାଇଁ, ଡେପୁଟି କଲେକ୍ଟର ଶ୍ରୀ ସିତାଂଶୁ ଦାସ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ, ଶ୍ରୀ ପୂର୍ଣ୍ଣଚନ୍ଦ୍ର ଜେନା, ଜିଲ୍ଲା ସଂସ୍କୃତି ଅଧିକାରୀ ଶ୍ରୀ ଆଶୀଷ କୁମାର ସାହୁ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ଯୁବକ ମାଝୀ, ଅବକାରୀ ଅଧକ୍ଷକ ଓ ଅନ୍ୟ ଅଧିକାରୀ ତଥା କର୍ମଚାରୀ ଉପସ୍ଥିତ ରହି ମୁଖବନ୍ଧ ପାଠରେ ସହଯୋଗ କରିଥିଲେ। ପ୍ରକାଶ ଥାଉକି ପ୍ରଥମେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ ସମ୍ବିଧାନ ଦିବସ ପାଳନର ତାତ୍ପର୍ଯ୍ୟ ବର୍ଣ୍ଣନା କରିଥିଲେ ଏବଂ ତତ୍ ପରେ ଅତିରିକ୍ତ ଜିଲ୍ଲପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ।

# ନିର୍ମାଣାଧିନ ଗରାପୁର-ଗଣ୍ଡାକିଆ ରାସ୍ତା ନିମ୍ନମାନର ଅଭିଯୋଗ

## *କାର୍ଯ୍ୟାଦେଶ ବାତିଲ ଓ ନୂତନ ଠିକାଦାର ନିଯୁକ୍ତି ଦାବି*

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଗ୍ରାମ୍ୟ ଉନ୍ନୟନ ଡିଭିଜନ-୧ଅଧିନସ୍ଥ ନିର୍ମାଣାଧିନ ଗରାପୁର- ଗଣ୍ଡାକିଆ ରାସ୍ତା ଅତ୍ୟନ୍ତ ନିମ୍ନମାନର ହେଉଥିବା ବେଳେ ଧାର୍ଯ୍ୟ ଗୁଣବତ୍ତା ସାମଗ୍ରୀ ବ୍ୟବହାର ହେଉନଥିବା ନେଇ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାଇ ଗରାପୁରସ୍ଥିତ ଜିଲ୍ଲାପାଳଙ୍କ ଆବାସିକ କାର୍ଯ୍ୟାଳୟ ସମ୍ମୁଖ ଭି.ଆଇ.ପି. ରୋଡ ଠାରୁ କାଳି ମନ୍ଦିର, ସାନ୍ତସାହି ଦେଇ କେନାଲ ରୋଡରେ ଗଣ୍ଡାକିଆ ଯାଇଥିବା ୧୨ କିଲୋମିଟର ରାସ୍ତା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ । ସେହି ରାସ୍ତା ଦେଇ ଜିଲ୍ଲାର ଅର୍ଦ୍ଧାଧିକ ଲୋକ, ସ୍କୁଲ, କଲେଜର ଛାତ୍ରଛାତ୍ରୀ, ଡାକ୍ତରଖାନା, କେନ୍ଦ୍ରାପଡା ବ୍ଲକ ଓ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଏବଂ ଜିଲ୍ଲା ଅଦାଲତ ପ୍ରଭୃତିକୁ ଯାତାୟତ କରିଥାନ୍ତି। ଏଥିସହିତ କଟକ ଏବଂ ଭୁବନେଶ୍ୱରରୁ ପଟ୍ଟାମୁଣ୍ଡାଇ, ରାଜନଗର, ମହାକାଳପଡା ବ୍ଲକ ସମେତ କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ୫ଟି ପଞ୍ଚାୟତର ଅଧିବାସୀମାନେ ବସ, ବାଇକ, କାର ପ୍ରଭୃତିରେ ଯାତାୟତ କରିଥାନ୍ତି। ଏହାବ୍ୟତିତ ଏହି ରାସ୍ତା ଦେଇ ଦୈନିକ ଶହ ଶହ ମାଲ ବୋଝେଇ ଟ୍ରକ ଯାତାୟତ କରିଥାଏ। କିନ୍ତୁ ଅପ୍ରଶସ୍ତ ଏବଂ ନିମ୍ନମାନର କାର୍ଯ୍ୟ ଯୋଗୁଁ ଦୀର୍ଘବର୍ଷ ହେବ ସେହି ରାସ୍ତାଟି ମରଣଯନ୍ତା ପାଲଟିଥିବା ଅଭିଯୋଗ ହୋଇଛି। କେନ୍ଦ୍ରାପଡା ଗ୍ରାମ୍ୟ ଉନ୍ନୟନ ଡିଭିଜନ- ୧ ପକ୍ଷରୁ ସେହି ରାସ୍ତାର ପ୍ରଶସ୍ତିକରଣ ଓ ଉନ୍ନତିକରଣ ପାଇଁ ୯୭୮. ୮୦ଲକ୍ଷ ଟଙ୍କାର ବ୍ୟୟ ଅଟ୍ଟକଳରେ ମୋଟ ୧୨କିଲୋମିଟର ୪୦୫ମିଟର ରାସ୍ତା ନିର୍ମାଣ ନିମନ୍ତେ ଏବେ ଠିକାଦାରଙ୍କୁ କାର୍ଯ୍ୟନିର୍ବାହ ନିମନ୍ତେ ନିର୍ଦ୍ଦେଶ ଦିଆଯାଇଛି। କିନ୍ତୁ ସଂପୃକ୍ତ ଠିକାଦାର ବିଭାଗର ଅଟ୍ଟକଳ ଅନୁଯାଇ କାର୍ଯ୍ୟ କରୁନଥିବା ଅଭିଯୋଗ ହୋଇଛି। ରାସ୍ତାର ଉଭୟ ପାର୍ଶ୍ୱରେ ୧ମିଟର ଲେଖାଁଏ ସିମେଣ୍ଟ ବଜୁରୀ(୮ଇଞ୍ଚର) ଲଗାଯିବାକୁ ଥିବା ବେଳେ ତାହା କରାଯାଇନଥିବା, ରାସ୍ତାର ଉଭୟ ପାର୍ଶ୍ୱରେ ଜିଏସବି ୬ଇଞ୍ଚ ଲାଗିନଥିବା, ଡବ୍ଲୁ.ଏମ.ଏମ. ୪ଇଞ୍ଚ କରାଯାଇନଥିବା, ରାସ୍ତାର ଉଭୟ ପାର୍ଶ୍ୱରେ ୧୧ହଜାର ୬୯୯ ଟ୍ରିପ ମାଟି ବ୍ୟବହାର କରାଯିବାକୁ ଥିବା ବେଳେ ମୁଠାଏ ବି ମାଟି ବ୍ୟବହାର କରାନଯାଇ ଦୁଇ ପାର୍ଶ୍ୱକୁ କାଟି ଅତି ଦୁର୍ବଳ ଓ ବିପଦ ସଙ୍କୁଳ କରାଯାଇଥିବା ଅଭିଯୋଗ ହୋଇଛି। ଏହି ରାସ୍ତାର ନିର୍ମାଣ କାର୍ଯ୍ୟରେ ପାଣି ବ୍ୟବହାର କରାଯାଉନଥିବା ବେଳେ କାର୍ଯ୍ୟକୁ ବିଭାଗୀୟ ଯନ୍ତ୍ରୀ ତଦାରଖ କରୁନଥିବା ଅଭିଯୋଗ ହୋଇଛି। ଏତଦବ୍ୟତିତ ଏହି ରାସ୍ତା ନିର୍ମାଣ କାର୍ଯ୍ୟ ନିମ୍ନମାନର ହେଉଥିବା ନେଇ ଲୋକ ଆପତ୍ତି ଏବଂ ଅଭିଯୋଗ କରିବାରେ କେନ୍ଦ୍ରାପଡା ବ୍ଲକରେ ଥିବା କନିଷ୍ଠ ଯନ୍ତ୍ରୀ ବିନୟ ମିଶ୍ର ସେମାନଙ୍କୁ ଧମକ ଚମକ ଦେଉଥିବା ମଧ୍ୟ ଅଭିଯୋଗ ହୋଇଛି। ଏହି କାର୍ଯ୍ୟର ବିଧିବଦ୍ଧ ତଦନ୍ତ କରାଯିବା ସହ ସଂପୃକ୍ତ ଠିକାଦାରଙ୍କ କାର୍ଯ୍ୟାଦେଶ ବାତିଲ କରାଯାଇ ନୂତନ ଠିକାଦାରଙ୍କୁ ନିୟୋଜିତ କରାଯିବାକୁ ୫ଟି ପଞ୍ଚାୟତର ଅଧିବାସୀଙ୍କ ପକ୍ଷରୁ ଫକିର ଚରଣ ଖଟୁଆ, ସନ୍ତୋଷ କୁମାର ବେହେରା, ଉତ୍ତମ ସ୍ୱାଇଁ, ଅଞ୍ଜନ କୁମାର ମହାପାତ୍ର, ନିରଞ୍ଜନ ପରିଡା,ରଶ୍ମିରଞ୍ଜନ ଚୌଧୁରୀ, ଦିପ୍ତିରଞ୍ଜନ ମହାନ୍ତି, ପ୍ରକାଶ ଚନ୍ଦ୍ର ଲେଙ୍କା, ମହେନ୍ଦ୍ର ପରିଡା, ସୁନାକର ରାଉତ, ଉମାକାନ୍ତ ପରିଡା, ଲଲାଟେନ୍ଦୁ ଖଟୁଆ, ସୁଶାନ୍ତ କୁମାର ଦାସ, ବିଜୟ ପ୍ରଧାନ, ପ୍ରଭାକର ଲେଙ୍କା, ମୁରଲୀଧର ରାଉତ ପ୍ରମୁଖ ଶତାଧିକ ଲୋକ ଜିଲ୍ଲାପାଳଙ୍କୁ ଅଭିଯୋଗ କରିଛନ୍ତି।

# ଗାନ୍ଧୀଙ୍କ ପ୍ରାସଙ୍ଗିକତା ସର୍ବଦା ରହିଛି



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ଶହୀଦନଗର କାର୍ଯ୍ୟାଳୟଠାରେ ସାମାଜିକ ବୌଦ୍ଧିକ ତଥା ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ଆଦର୍ଶ ଚିନ୍ତାଧାରାକୁ ନେଇ ଗଠିତ ଅନୁଷ୍ଠାନ "ହର ଦିଲମେଁ ଗାନ୍ଧୀ"ର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଗାନ୍ଧୀଙ୍କ ଆଦର୍ଶ, ଚିନ୍ତାଧାରାକୁ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ଜନସାଧାରଣଙ୍କ ପାଖରେ ପହ ାଇବା ତଥା ବିଭିନ୍ନ ସାମାଜିକ ସଂଗଠନମାନଙ୍କୁ ଏକତ୍ର କରି ଗାନ୍ଧୀଙ୍କ ଚିନ୍ତାଧାରା, କାର୍ଯ୍ୟ, ମୂଲ୍ୟବୋଧ ତଥା ଦେଶପ୍ରେମର ଅଗ୍ନି ସମାଜରେ ପରିବ୍ୟାପ୍ତ କରିବା ଲକ୍ଷ୍ୟକୁ ନେଇ ଉକ୍ତ ବୈଠକ ସ୍ୱାଧୀନତା ସଂଗ୍ରାମୀ ଉତ୍ତରଦାୟାଦ ସଂଗଠନର ଆବାହକ, ବିଶିଷ୍ଟ ସମାଜସେବୀ ଶିବ ନାରାୟଣ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ସମାଜସେବୀ ଗାନ୍ଧିବାଦୀ ବିଜୟ ତ୍ରିପାଠୀ, ଶହୀଦ ରଘୁ-ଦିବାକର ସ୍ମୃତି ସଂସଦର ସାଧାରଣ ସମ୍ପାଦକ ବ୍ରଜବନ୍ଧୁ ପରିଡ଼ା, ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ମୁଖପାତ୍ର ସାମ୍ବାଦିକ ଅରବିନ୍ଦ ତ୍ରିପାଠୀ, ନାରାୟଣ ସେବା ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ସୀତାଂଶୁ ଶେଖର ମହାରଣା, ସଂଗ୍ରାମୀ ଦାୟାଦ ରାଜକୁମାର ଜେନା ଯୋଗଦେଇ ଗାନ୍ଧୀଙ୍କ ନୀତି, ଆଦର୍ଶ ଯୁଗେଯୁଗେ ରହିଛି ଓ ରହିବ ବୋଲି ମତବ୍ୟକ୍ତ କରିଥିଲେ। ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ ସମାଜସେବୀ ଶରତ ଚନ୍ଦ୍ର ପ୍ରଧାନ।

## ନୀଳଗିରି ଅ ଳରୁ ବ୍ରାଉନସୁଗାର ଜବତ

ବାଲେଶ୍ୱର (ପିଏନ୍)-ନୀଳଗିରି ଥାନା ଅନ୍ତର୍ଗତ ସନ୍ତରାଗଡ଼ିଆ ଅ ଳରୁ ବ୍ରାଉନ ସୁଗାର ଜବତ କରାଯାଇଛି। ବାଲେଶ୍ୱର ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାର୍ଡ଼ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୨୪୨ ଗ୍ରାମ ଧଳା ଜହର ଜବତ ସହ ଜଣଙ୍କୁ ଗିରଫ କରାଯାଇଛି। ଗିରଫ ଜଣଙ୍କ ହେଲେ ସନ୍ତରାଗଡ଼ିଆ ନିକଟ ଯୁକ ଗାଡ଼ିଆ ଅ ଳର ପର୍ଶୁରାମ ପାଣିଗ୍ରାହୀ। ଏବେ କିଛିଦିନ ହେଲା ପର୍ଶୁରାମ ଗାଁରେ ବ୍ରାଉନସୁଗାର କାରବାର ଚଳାଇ ଆସୁଥିଲା। ତେବେ ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାଡ୍ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୫ ହଜାର ଟଙ୍କା ନଗଦ ଜବତ ସହ ୨୪ ଲକ୍ଷ ୨୦ ହଜାର ଟଙ୍କାର ବ୍ରାଉନ ସୁଗାର ଜବତ କରାଯାଇଛି।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

ଖେଳ ପର୍ଯ୍ୟବେକ୍ଷକ

Bhubaneswar Thursday December 12 | ଭୁବନେଶ୍ୱର ମଙ୍ଗଳବାର, ଡିସେମ୍ବର ୧୨,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com


# ବ୍ୟକ୍ତିତ୍ୱର ସ୍ୱୀକୃତି ଓ ମର୍ଯ୍ୟାଦା ସୁରକ୍ଷା ହେଉଛି ମାନବିକ ଅଧିକାର



ଖୋର୍ଦ୍ଧା,(ପି.ଏନ): ଜଣେ ବ୍ୟକ୍ତିତ୍ୱର ସ୍ୱୀକୃତି ଓ ତାର ମର୍ଯ୍ୟାଦା ର ସୁରକ୍ଷା ହେଉଛି ପ୍ରକୃତ ମାନବିକ ଅଧିକାର ବୋଲି ବରିଷ୍ଠ ସ୍ତମ୍ଭକାର ଉମାଶଙ୍କର ପ୍ରସାଦ ମ ବ୍ୟକ୍ତ କରିଛନ୍ତି। ଆଜି ସ୍ଥାନୀୟ ପୂ ର୍ତ ବିଭାଗ ଡାକବଙ୍ଗଳା ପରିସରରେ କେନ୍ଦ୍ରୀୟ ମାନବ ଅଧିକାର ସୁରକ୍ଷା ସଂଗଠନ ଓଡିଶା ଶାଖା ଆନୁକୂଲ୍ୟରେ ରାଜ୍ୟ ସଭାପତି ଶୁକାନ୍ତ ପରିଡାଙ୍କ ଆବାହକତ୍ୱରେ 'ବିଶ୍ୱ ମାନବ ଅଧିକାର 'ଦିବସ ପାଳନ ଅବସରରେ ମୁଖ୍ୟବକ୍ତା ଭାବେ ଯୋଗଦେଇ ଶ୍ରୀ ପ୍ରସାଦ ଏହା କହିଥିଲେ। ପ୍ରତିବର୍ଷ ୧୯୪୮ ମସିହା ଡିସେମ୍ବର ମାସର ୧୦ ତାରିଖ ଦିନ ଜାତିସଂଘର ଘୋଷଣାନାମା ଅନୁସାରେ ଏହି ଦିବସ ପାଳିତ ହୋଇ ଆସୁଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ପ୍ରଭାତ କୁମାର ମିଶ୍ର ରାଜ୍ୟ ସଭାପତି ଭଏସ ଅଫ ମିଡିଆ ଯୋଗଦେଇ କହିଥିଲେ ମାନବିକ ଅଧିକାର ଗୁଡିକୁ ସମସ୍ତେ ସମ୍ମାନ କରିବା ଉଚିତ। ଅନୁକୂଳ ସାମାଜିକ ପରିବେଶ ନପାଇଲେ ମାନବର ଉନ୍ମେଷମୁଖୀ ପ୍ରତିଭାର ବିକାଶ ସମ୍ଭବ ପର ନୁହେଁ। ସମ୍ମାନିତ ଅତିଥି ଭାବେ ଟି. ବାଲାଜି ପାତ୍ର ଭଏସ ଅଫ ମିଡିଆର ରାଜ୍ୟ ଉପ ସଭାପତି , ମାନସ ରଞ୍ଜନ ପାଣିଗ୍ରାହୀ, ସାମ୍ବାଦିକ ସରୋଜ ମୁଦୁଲି, ଭଏସ ଅଫ ମିଡିଆର କୋଷାଧକ୍ଷ ପ୍ରଦ୍ୟୁମ୍ନ ମହାନ୍ତି ପ୍ରମୁଖ ଯୋଗଦେଇ ନିଜ ନଜର ସୁଚିନ୍ତିତ ମତାମତ ବ୍ୟକ୍ତ କରିଥିଲେ। ଶେଷରେ ଯୁଗ୍ମ ସଂପାଦକ ଭଏସ ଅଫ ମିଡିଆ ପ୍ରଦୀପ କୁମାର ବେହେରା ଧନ୍ୟବାଦ ପ୍ରଦାନ କରିଥିଲେ।

## ମାଛ ମାରିବାକୁ ଯାଇ ନଦୀରେ ୨୪ ବର୍ଷୀୟ ଯୁବକ ମୃତ

ଧର୍ମଗଡ଼ (ପି.ଏନ): କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ କେଗାଁ ଥାନା ଅନ୍ତର୍ଗତ ମେରମହୁଲ ନିକଟରେ ଥିବା ତେଲ ନଦୀରେ ଅତଡ଼ା ମାଟି ଚାପାରେ ଜଣକ ମୃତ୍ୟୁ ହୋଇଛି । ମୃତକ ଜଣକ ହେଲେ ଉକ୍ତ ଗ୍ରାମର ଭୋଳାନାଥ ଦଳେଇଙ୍କ ପୁଅ ନବୀନ କୁମାର ଦଳେଇ (୨୪) ବୋଲି ଜଣାପଡିଛି । ସେ ଗତକାଲି ତେଲନଦୀକୁ ମାଛ ମାରିବାକୁ ଯାଇଥିଲେ। ନଦୀକୂଳରେ ବନ୍ୟା ଦ୍ୱାରା ବିଭିନ୍ନ ଘାଇ ଗୁଡିକ ସୃଷ୍ଟି ହୋଇଥିବା ବେଳେ ଘାଇ ଭିତରକୁ ମାଛ ଧରିବାକୁ ଗଲାବେଳେକୁ ମାଟି ଅତଡ଼ା ତାଙ୍କ ଉପରେ ପଡିଯାଇଥିଲା। ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ହୋଇଥିବା ଗ୍ରାମବାସୀ ପକ୍ଷରୁ କୁହାଯାଇଛି। ଏ ନେଇ ମୃତକର ବଡ଼ ଭାଇ ସୁଷମା ଦଳେଇ କେଗାଁ ପୋଲିସରେ ଏକ ଲିଖିତ ଅଭିଯୋଗ କରିଥିଲେ।

## ଟାଟା ଷ୍ଟିଲ ଫାଉଣ୍ଡେସନ ପକ୍ଷରୁ ସ୍କୁଲ ବିଲ୍ଡିଂ ନବୀକରଣ



ଭୁବନେଶ୍ୱର/ ଛତ୍ରପୁର, (ପି.ଏନ): ଟାଟା ଷ୍ଟିଲ ଫାଉଣ୍ଡେସନ (ଟିଏସଏଫ) ପକ୍ଷରୁ ଗାମ ଜିଲ୍ଲା ଛତ୍ରପୁରସ୍ଥିତ ନରେନ୍ଦ୍ରପୁର ହାଇସ୍କୁଲ ବିଲ୍ଡିଂର ନବୀକରଣ କରାଯାଇଛି। ଗତ ବାତ୍ୟାରେ ବିଦ୍ୟାଳୟର କୋଠା ବ୍ୟାପକ କ୍ଷତିଗ୍ରସ୍ତ ହୋଇଥିଲା। ତେବେ ସ୍କୁଲରେ ପାଠ ପଢୁଥିବା ପ୍ରଥମରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ୩୩୦ ଛାତ୍ରଛାତ୍ରୀ ଯେପରି ସୁରକ୍ଷିତ ଗୃହରେ ପାଠ ପଢିବେ, ସେ ନେଇ ବିପଦସଙ୍କୁଳ ଗୃହର ପୁନରୁଦ୍ଧାର କରିଛି ଟାଟା ଷ୍ଟିଲ ଫାଉଣ୍ଡେସନ। କ୍ଷତିଗ୍ରସ୍ତ ଶ୍ରେଣୀଗୃହର କବାଟ, ଝରକା ଓ ଚଟାଣର ମରାମତି କରାଯାଇଛି। କୋଠାକୁ ପାଣିପାଗ ପ୍ରତିରୋଧୀ ପେଣ୍ଟରେ ରଙ୍ଗ କରାଯିବା ସହ ସୁରକ୍ଷା ସୁନିଶ୍ଚିତ କରିବା ଲାଗି ଏହାର ବିଦ୍ୟୁତ ବ୍ୟବସ୍ଥାରେ ଉନ୍ନତି କରାଯାଇଛି । ବିଲ୍ଡିଂ ଉଦଘାଟନୀ ସମାରୋହରେ ଟାଟା ଷ୍ଟିଲ ସ୍ପେସିଆଲ ଇକୋନୋମିକ ଜୋନ (ଟିଏସଏସଇଜେଡ)ର ପରିଚାଳନା ନିର୍ଦ୍ଦେଶକ ମଣିକାନ୍ତ ନାୟକ ଓ ଓଡ଼ିଶା ସିଏସଆର ମୁଖ୍ୟ ଅମ୍ବିକା ପ୍ରସାଦ ନନ୍ଦ ଯୋଗଦେଇ ଥିଲେ। ଗ୍ରାମାଞ୍ଚଳରେ ଶିକ୍ଷାର ବିକାଶ ପାଇଁ ସମସ୍ତଙ୍କ ପାଖରେ ସମାନ ଭାବରେ ପହଞ୍ଚାଇବା ଉପରେ ଅତିଥିମାନେ ମତବ୍ୟକ୍ତ କରିଥିଲେ।

## ଚପ୍ରିଆ ପେକ୍ସର ତିନି ଧାନ ମଣ୍ଡି ଶୁଭାରମ୍ଭ



ଧର୍ମଗଡ଼ (ପି.ଏନ):କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ଚପ୍ରିଆ ପେକ୍ସର ତିନି ଧାନ ମଣ୍ଡି ଆଜି ଶୁଭାରମ୍ଭ ହୋଇଯାଇଛି। ପେକ୍ସ ସଭାପତି ଭାଗ୍ୟଧର ସାହୁ ଚପ୍ରିଆ ଧାନ ମଣ୍ଡି ଶୁଭାରମ୍ଭ କରିଥିବା ବେଳେ ସାନଚେରଗାଁ ଧାନ ମଣ୍ଡି ପେକ୍ସ ଡାଇରେକ୍ଟର ଲମ୍ବୋଦର ସାହୁ, ଖଲିଆପାଲି ଧାନ ମଣ୍ଡି ଧନେଶ୍ୱର ଯାନୀ ଶୁଭାରମ୍ଭ କରିଥିଲେ। ଉକ୍ତ ଧାନ ମଣ୍ଡି ଶୁଭାରମ୍ଭ କାର୍ଯ୍ୟକ୍ରମରେ ପେକ୍ସ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଧବଳେଶ୍ୱର ବାଗ, ଚପ୍ରିଆ ଧାନ ମଣ୍ଡିର ତଦନ୍ତ ଅଧିକାରୀ ସୁଶାନ୍ତ ରାଉତ, ସାନ ଚେରଗାଁ ଧାନ ମଣ୍ଡି ତଦନ୍ତ ଅଧିକାରୀ ଦୁଃଖିଶ୍ୟାମ ମାଝୀ, ଖଲିଆପାଲି ଧାନ ମଣ୍ଡି ତଦନ୍ତ ଅଧିକାରୀ ଛନ୍ଦାଚରଣ ଭୋଇ,ଧାନକ୍ରୟ ଅଧିକାରୀ ଧନୁଞ୍ଜୟ ରଣା,ଆରଏମସି କର୍ମଚାରୀ ରତ୍ନାକର ହଂସ,ରୋହିତ ଭୋଇ,ଡାଇରେକ୍ଟର ହରେରାମ ଚନ୍ଦନ ପ୍ରମୁଖ ଉପସ୍ଥିତ ଥିଲେ। ଆଜି ଠାରୁ ମଣ୍ଡିରେ ଧାନ କ୍ରୟ କରାଯିବ। ସପ୍ତାହକୁ ଏହି ତିନିଟି ମଣ୍ଡିରେ ଦୁଇ ଦିନ ଧରି ଧାନ କିଣାଯିବ ବୋଲି ପେକ୍ସର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରକାଶ କରିଛନ୍ତି।

## କେନ୍ଦ୍ରାପଡା ଜିଲ୍ଲା ସ୍ତରୀୟ ବାଲ ବୈଜ୍ଞାନିକ ପ୍ରଦର୍ଶନୀ

କେନ୍ଦ୍ରାପଡ଼ା,(ପି.ଏନ): ଜିଲ୍ଲା ସ୍ତରୀୟ ବାଲ ବୈଜ୍ଞାନିକ ପ୍ରଦର୍ଶନୀ -୨୦୨୪ ଇଛାପୁର ସରକାରୀ ହାଇସ୍କୁଲ ପରିସରରେ ବୁଧବାର ଉଦଘାଟିତ ହୋଇଯାଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରଦୀପ କୁମାର ନାଗଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି ଉଦଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଜିଲ୍ଲାପାଳଙ୍କ ଦାୟିତ୍ୱରେ ଥିବା ଅତିରିକ୍ତ ଜିଲ୍ଲାପାଳ ନିଲୁ ମହାପାତ୍ର ଯୋଗଦେଇ ପ୍ରଦର୍ଶନୀକୁ ଉଦଘାଟନ କରି କୁନି କୁନି ବୈଜ୍ଞାନିକମାନଙ୍କ ପ୍ରକଳ୍ପ ଗୁଡିକ ଅନ୍ୟ ଛାତ୍ରଛାତ୍ରୀମାନଙ୍କ ପାଇଁ ପ୍ରେରଣା ଦାୟକ ହେବ ବୋଲି କହିଥିଲେ। ଏହି ପ୍ରକଳ୍ପ ଗୁଡିକ ଖାଲି ପ୍ରଦର୍ଶନ କରିଦେଲେ ହେବନି ତାହା ଭିତରେ ପୂର୍ଣ୍ଣ ମନୋନିବେଶ କରି ବୈଜ୍ଞାନିକ ମନୋଭାବର ପରିପ୍ରକାଶ ପରିପାରିଲେ ଭବିଷ୍ୟତ ଉଜ୍ଜ୍ୱଳମୟ ହେବ ବୋଲି ମୁଖ୍ୟଅତିଥି ଶ୍ରୀ ମହାପାତ୍ର ମତବ୍ୟକ୍ତ କରିଥିଲେ। ମୁଖ୍ୟବକ୍ତା ଭାବେ କୃଷି ବିଜ୍ଞାନକେନ୍ଦ୍ରର ମୁଖ୍ୟ ତଥା ବରିଷ୍ଠ ବୈଜ୍ଞାନିକ ଅରୋବିନ୍ଦ ଦାସ ଯୋଗଦେଇ କୃଷି କ୍ଷେତ୍ରରେ ବିଜ୍ଞାନର ପ୍ରୟୋଗ ସହିତ ଆଧୁନିକ ପ୍ରଣାଳୀରେ ଚାଷ କାର୍ଯ୍ୟ କଲେ ଅଧିକ ଫସଲ ଅମଳ ହୋଇପାରିବ ବୋଲି କହିଥିଲେ। ସମ୍ମାନୀତ ଅତିଥି ଭାବେ କେନ୍ଦ୍ରାପଡା ମଣ୍ଡଳ ଶିକ୍ଷା ଅଧିକାରୀ କୈଳାସ ଚନ୍ଦ୍ର ଦଳାଇ, ମହାକାଳପଡା ମଣ୍ଡଳ ଶିକ୍ଷା ଅଧିକାରୀ ତନ୍ମୟ ବେହେରା, ଆଳି ମଣ୍ଡଳ ଶିକ୍ଷା ଅଧିକାରୀ ନଳିନୀକାନ୍ତ ରାଉତରାୟ, ଇଛାପୁର ହାଇସ୍କୁଲର ପ୍ରଧାନ ଶିକ୍ଷୟିତ୍ରୀ ବିଣାପାଣୀ ଦାଶ ପ୍ରମୁଖ ଯୋଗଦେଇ ବିଜ୍ଞାନ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ଜିଲ୍ଲା ବିଜ୍ଞାନ ପରିଦର୍ଶକ ନିଷିଧ କୁମାର ବାରିକ କାର୍ଯ୍ୟକ୍ରମର ବିବରଣୀ ଉପସ୍ଥାପନା କରିଥିଲେ। ଏହି ଅବସରରେ ଜାତୀୟ ସ୍ତରର ପ୍ରେରଣା ପ୍ରକଳ୍ପ ପ୍ରଦର୍ଶନୀ, ଗୁଜୁରାଟରେ ଏହି ଜିଲ୍ଲାରୁ ପ୍ରତିନିଧିତ୍ୱ କରିଥିବା ଇଛାପୁର ହାଇସ୍କୁଲର ମାର୍ଗଦର୍ଶକ ବିଜ୍ଞାନ ଶିକ୍ଷୟିତ୍ରୀ ଅପରାଜିତା ପାତ୍ର ଓ ପ୍ରକଳ୍ପ ନେଇ ଯାଇଥିବା ଏଲ. ଏନ. ବିଦ୍ୟାପୀଠ, ଆଶ୍ରମ ବାଲିକୁଦାର ଛାତ୍ରୀ ଗାୟତ୍ରୀ ନାଥଙ୍କୁ ଉ ରୀୟ ଏବଂ ପୁଷ୍ପଗୁଚ୍ଛ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା। ଶିକ୍ଷକ ନିରଞ୍ଜନ ବେହେରା ଅତିଥି ପରିଚୟ ଓ ସି.ଆର.ସି.ସି. ଚି ରଞ୍ଜନ ଜେନା ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ଶିକ୍ଷକ ଶୁଭାଂଶୁ କୁମାର ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ନମତରାର ଶ୍ରୀ ଶ୍ରୀ ଚନ୍ଦ୍ରଶେଖର ହାଇସ୍କୁଲର ଶିକ୍ଷକ ଆଦିକନ୍ଦ ସାହୁ ପରିବେଶ ଓ ଭିଜ୍ଞାନ ଭି ିକ ସଂଗୀତ ଗାନ କରି ସମସ୍ତଙ୍କୁ ମନ୍ତ୍ରମୁଗ୍ଧ କରିଦେଇଥିଲେ। ଅପରାହ୍ନରେ ଅନୁଷ୍ଠିତ ଉଦଯାପନୀ ଉତ୍ସବରେ ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରଦୀପ କୁମାର ନାଗ ସଭାପତିତ୍ୱ କରିଥିଲେ। ଏଥିରେ ଜିଲ୍ଲା ପରିଷଦ ସଭାପତି ଲିଳିତା ଦାସ ମୁଖ୍ୟ ଅତିଥି ଭାବେ ଯୋଗଦେଇ ସମାଜ ପାଇଁ ବିଜ୍ଞାନର ଉପକାରିତା ଓ ଅପକାରିତା ସମ୍ପର୍କରେ ମତବ୍ୟକ୍ତ କରିବା ସହ ସମାଜର ମଙ୍ଗଳ ନିମନ୍ତେ ପ୍ଲାଷ୍ଟିକର ବ୍ୟବହାରକୁ ସମ୍ପୂର୍ଣ୍ଣ ନିଷେଧ କରିବା ପାଇଁ ସମସ୍ତଙ୍କୁ ନିବେଦନ କରିଥିଲେ। ଏଥିସହିତ ଆଜିର ଦୁନିଆରେ ମୋବାଇଲ ସହିତ ସମସ୍ତେ ଏପରି ଭାବେ ଜଡିତ ରହୁଛନ୍ତି ଯେ ନିଜ ନିଜ ମଧ୍ୟରେ ସମ୍ପର୍କ ରକ୍ଷା କରିବାକୁ ମଧ୍ୟ ସେମାନେ ଭୁଲି ଯାଉଛନ୍ତି ବୋଲି କହିବା ସହ ଏଭଳି ଅଭ୍ୟାସ ବଦଳାଇବାକୁ ପରାମର୍ଶ ଦେଇଥିଲେ। ମୁଖ୍ୟବକ୍ତା ଭାବେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପଦାର୍ଥ ବିଜ୍ଞାନ ବିଭାଗ ପ୍ରଧାପକ ବିଶ୍ୱରଞ୍ଜନ ପୁହାଣ ଯୋଗଦେଇ ବିଜ୍ଞାନର ସଦ୍‌ଉପଯୋଗ ଉପରେ ବକ୍ତବ୍ୟ ରଖିଥିଲେ। ସମ୍ମାନୀତ ଅତିଥି ଭାବେ ଡେରାବିଶ ମଣ୍ଡଳ ଶିକ୍ଷା ଅଧିକାରୀ ଶ୍ରୀକାନ୍ତ ବେହେରା, ରାଜନଗର ମଣ୍ଡଳ ଶିକ୍ଷା ଅଧିକାରୀ ମନୋରଞ୍ଜନ ସେଠୀ, ପଟ୍ଟାମୁଣ୍ଡାଇ ମଣ୍ଡଳ ଶିକ୍ଷା ଅଧିକାରୀ ହରିହର ଦଳାଇ, ମାର୍ଶାଘାଇ ମଣ୍ଡଳ ଶିକ୍ଷା ଅଧିକାରୀ ପ୍ରଫୁଲ୍ଲ କୁମାର ସ୍ୱାଇଁ ପ୍ରମୁଖ ଯୋଗଦେଇ ବକ୍ତବ୍ୟ ରଖିଥିଲେ। ଜିଲ୍ଲାର ମୋଟ ୬୩ଟି ବିଦ୍ୟାଳୟର ଏହି ପ୍ରଦର୍ଶନୀରେ ପ୍ରଦର୍ଶିତ ହୋଇଥିବା ୬୩ଟି ପ୍ରକଳ୍ପ ମଧ୍ୟରୁ ଆଦର୍ଶ ବିଦ୍ୟାଳୟ, ତରାଣ୍ଡୋର ଛାତ୍ରୀ ସ୍ୱାତୀପ୍ରଜ୍ଞା ରଥ, ତାରାମଣି କପିଳେଶ୍ୱର ହାଇସ୍କୁଲ କାଟଣାର ରଶ୍ମୀରଞ୍ଜନ ନାୟକ, ପ ାୟତ ହାଇସ୍କୁଲ, ଗଙ୍ଗାରାମପୁରର ପ୍ରାଣତୋଷ ପ୍ରଧାନ, ଇନ୍ଦୁପୁର ହାଇସ୍କୁଲର ରଶ୍ମୀରଞ୍ଜନ ସାହୁ, ଗାନ୍ଧୀଜୀ ନୋଡାଲ ବିଦ୍ୟାପୀଠ, ଗୋଜାବନ୍ଧର ସନ୍ତୋଷ ବାରିକ, ରତ୍ନାକର ସରକାରୀ ଉଚ୍ଚ ବିଦ୍ୟାଳୟର ଛାତ୍ରୀ ରୋଜାଲିନ ପାଲ, ଶ୍ରୀ ଏଲ.ଏନ. ବିଦ୍ୟାପୀଠ, ଆଶ୍ରମ ବାଲିକୁଦାର ଛାତ୍ରୀ ଗାୟତ୍ରୀ ନାଥ ପ୍ରମୁଖ ୭ଟି ପ୍ରକଳ୍ପ ରାଜ୍ୟସ୍ତରକୁ ମନୋନିତ ହୋଇଛି। ଏହି କାର୍ଯ୍ୟକ୍ରମକୁ ଭାଗିରଥୀ ମହାନ୍ତି, ସନ୍ତୋଷ ଦାସ, ପ୍ରକାଶ ପରିଡା, ମହେନ୍ଦ୍ର ବିଶ୍ୱାଳ, ପ୍ରଭାସ ରଞ୍ଜନ ପ୍ରଧାନ, ମଳୟ କୁମାର ଜେନା, ମନୋରଞ୍ଜନ ମହାନ୍ତି, ଶିଶିର କୁମାର ଦାସ, ଡେରାବିଶ ବ୍ଲକ ସଂଯୋଜକ ମନୋରଞ୍ଜନ ତ୍ରିପାଠୀଙ୍କ ସମେତ ଇଛାପୁର ହାଇସ୍କୁଲର ସମସ୍ତ କର୍ମଚାରୀ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।




ଲକ୍ଷ୍ମୀ ପୂଜା ପାଇଁ ଶୁଭେଚ୍ଛା ଓ ଅଭିନନ୍ଦନ

ପଣ୍ଡିତ ସାବର୍ଣ୍ଣି ଅଂଶୁମାଳି ଦାଶ (ଅଂଶୁ)
ଜ୍ୟୋତିଷ ଶ୍ରୀ, ଜ୍ୟୋତିଷ ସୁଧାକର ଉପାଧି ପ୍ରାପ୍ତ
B.Sc Degree in Astrology
Scientific Vastushastro & Geopathic Course
Mob No. 7609012339,
Youtube. Maa Sarala Astro Tv
FB/Insta-Speritual Anshu



ଲକ୍ଷ୍ମୀ ପୂଜା ପାଇଁ ଶୁଭେଚ୍ଛା ଓ ଅଭିନନ୍ଦନ



ପ୍ରଶାନ୍ତ କୁମାର ମଲ୍ଲିକ
ଯୁବନେତା
ଜଗତସିଂହପୁର


## ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟ ଓଡ଼ିଆ ବିଭାଗ ଆନୁକୂଲ୍ୟରେ ଭାରତୀୟ ଭାଷା ଉତ୍ସବ ପାଳନ

ଭୁବନେଶ୍ୱର,(ପି.ଏନ): ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟ ସ୍ନାତକୋତ୍ତର ଓଡ଼ିଆ ବିଭାଗ ଆନୁକୂଲ୍ୟରେ ଭାରତୀୟ ଭାଷା ଉତ୍ସବ - ୨୦୨୪ପାଳିତ ହୋଇଯାଇଛି କ୍ଷ କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶଙ୍କ ପ୍ରେରଣାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପୌରୋହିତ୍ୟ କରି ଓଡ଼ିଆ ବିଭାଗ ମୁଖ୍ୟ ଡକ୍ଟର ଉଷାରାଣୀ ରଥ ଏହି ଉତ୍ସବ ପାଳନର ଉଦ୍ଦେଶ୍ୟ ଓ ମହତ୍ତ୍ୱ ଉପରେ ଆଲୋକପାତ କରିଥିଲେ କ୍ଷ ସମ୍ମାନିତ ଅତିଥି ବରିଷ୍ଠ ପ୍ରାଧ୍ୟାପକ ଡକ୍ଟର ଦୀପକ କୁମାର ମିଶ୍ର, ପରୀକ୍ଷା ନିୟନ୍ତ୍ରକ ଡକ୍ଟର ମନୋଜ କୁମାର ପଟ୍ଟନାୟକ, ଇଂରାଜୀ ବିଭାଗ ଅଧ୍ୟାପିକା ଚିନ୍ମୟୀ ସାହୁ, ହିନ୍ଦୀ ବିଭାଗର ଅଧ୍ୟାପିକା ଆଶା ଭାରତୀ ପ୍ରମୁଖଙ୍କୁ ମଞ୍ଚକୁ ସ୍ୱାଗତ କରିବା ସହ କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ ଡକ୍ଟର ମନୋରଞ୍ଜନ ବିଷୋୟୀ କ୍ଷ ଉପସ୍ଥିତ ଅତିଥିମାନେ ନିଜ ନିଜ ବକ୍ତବ୍ୟରେ ଭାରତର ଭାଷାଗତ ବିବିଧତା ମଧ୍ୟରେ ଏକତା ରହିଛି ଓ ବହୁଭାଷିକତା ହିଁ ଭାରତୀୟ ସଂସ୍କୃତିର ବୈଶିଷ୍ଟ୍ୟ ବୋଲି ମତବ୍ୟକ୍ତ କରିଥିଲେ ତଥା ଛାତ୍ରଛାତ୍ରୀମାନଙ୍କୁ ଭାଷାଗତ ଉଦାରତା ଓ ପାରସ୍ପରିକ ସଦଭାବନା ରକ୍ଷା କରିବା ନିମନ୍ତେ ପରାମର୍ଶ ଦେଇଥିଲେ କ୍ଷ କାର୍ଯ୍ୟକ୍ରମ ଶେଷରେ ଧନ୍ୟବାଦ ଦେଇଥିଲେ ବିଭାଗୀୟ ଅଧ୍ୟାପିକା ସୁଶ୍ରୀ ସ୍ୱର୍ଣ୍ଣଲତା ବିଷୋୟୀ କ୍ଷ ଭାରତୀୟ ଭାଷା ଉତ୍ସବ ପାଳନ ଅବସରରେ ପ୍ରାଚୀର ପତ୍ର ' ମୋ ଭାଷା : ମୋ ହସ୍ତାକ୍ଷର ' ର ଉଦଘାଟନ ହୋଇଥିଲା କ୍ଷ ଏଥିରେ ବିଭିନ୍ନ ଭାଷାଭାଷୀ ଛାତ୍ରଛାତ୍ରୀ ତଥା ଅଧ୍ୟାପକ ଅଧ୍ୟାପିକା ହସ୍ତାକ୍ଷର କରିଥିଲେ।


ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)
NURSERY (3+)
LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM



MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act



Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray